୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯବେକ୍ଷକ

Vol.26 . No.196 Bhubaneswar Thursday September 12 2024 | ୨୬ତମ ବର୍ଷ ସଂଖ୍ୟା–୧୯୫ ଭୁବନେଶ୍ୱର, ଗୁରୁବାର, ସେପ୍ଟେମ୍ବର ୧୨, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ–୧.୫୦ ₹1.50 | (Air Surcharge - 0.50P) | Member-INS


## ସିଏଜି ଧରିଲେ ସ୍କଲାରସିପ୍ ଦୁର୍ନୀତି: ମନଇଛା ଲୁଟିଛନ୍ତି ଶିକ୍ଷାନୁଷ୍ଠାନ ଓ ବିଭାଗୀୟ ଅଫିସର

ଭୁବନେଶ୍ୱର,୧୨।୯(ପି.ଏନ) ରାଜ୍ୟର ଅନୁସୂଚିତ ଜାତି ଓ ଜନଜାତି ବର୍ଗର ଛାତ୍ରଛାତ୍ରୀମାନଙ୍କୁ ମାଟ୍ରିକ ପରବର୍ତ୍ତୀ ଉଚ୍ଚଶିକ୍ଷା ସ୍କଲାରସିପ(ପିଏମଏସ) ରେ ବ୍ୟାପକ ଦୁର୍ନୀତି ହୋଇଛି । ୨୦୧୭-୧୮ ମସିହାରୁ ୨୦୨୦-୨୧ ମସିହା ମଧ୍ୟରେ ଏହି ସ୍କଲାରସିପ୍ ଦେବା ଆଳରେ ରାଜ୍ୟ ଅନୁସୂଚିତ ଜାତି ଓ ଜନଜାତି ବିଭାଗର ଅଫିସରମାନେ ସବୁ ନୀତିନିୟମକୁ ଫୁଟ କରି କୋଟିକୋଟି ଟଙ୍କା ହେରଫେର କରିଛନ୍ତି । ଖୋର୍ଦ୍ଧା ଜିଲ୍ଲାରେ ଥିବା ଶିକ୍ଷାନୁଷ୍ଠାନଗୁଡିକ ପିଲାଙ୍କ ନାଁ ଜାଲିଆତି କରି ଏହି ଅଫିସରମାନଙ୍କୁ ଧରି କୋଟିକୋଟି ଟଙ୍କା ଲୁଟି ନେଇଥିବା ସିଏଜିଙ୍କ ଅଡିଟରୁ ଜଣାପଡିଛି । ତେଣୁ ଏଭଳି ହେରଫେର କରି ରାଜକୋଷକୁ କ୍ଷତି ପହଂଚାଇଥିବା ଅଫିସରମାନଙ୍କୁ ରାଜ୍ୟ ଅନୁସୂଚିତ ଜାତି ଓ ଜନଜାତି ବିଭାଗ ଉତ୍ତରଦାୟୀ କରିବା ସହ ଦୃଷ୍ଟାନ୍ତମୂଳକ ଦଣ୍ଡବିଧାନ କରିବା ନିମନ୍ତେ ସିଏଜି ସୁପାରିଶ କରିଛନ୍ତି ।ଆଜି ବିଧାନସଭାରେ ସିଏଜି ରିପୋର୍ଟ




ଉପସ୍ଥାପିତ ହେବାପରେ ଏକ ସାମ୍ବାଦିକ ସମ୍ମିଳନୀ କରି ପ୍ରଧାନ ମହାଲେଖାକାର ରାଜକୁମାର, ମହାଲେଖାକାର ବିଶ୍ୱନାଥ ସିଂହ ଏହି ଅଡିଟ୍ ରିପୋର୍ଟ ସମ୍ପର୍କରେ ଗଣମାଧ୍ୟମକୁ ସୂଚନା ଦେଇଥିଲେ । ଅନୁସୂଚିତ ଅଂଚଳରେ ଜମି ପରିଚାଳନା, ୨୦୨୩ ମାର୍ଚ୍ଚରେ ସମାପ୍ତ ବର୍ଷ ପାଇଁ ରାଜ୍ୟର ଆର୍ଥିକ ସ୍ଥିତିର ପ୍ରତିବେଦନ, ୨୦୨୨ ମାର୍ଚ୍ଚରେ ସମାପ୍ତ ବର୍ଷ ପାଇଁ ଓଡିଶା ସରକାରଙ୍କ ସମ୍ପର୍କିତ ଅନୁପାଳନ ସମୀକ୍ଷା ପ୍ରତିବେଦନ ରିପୋର୍ଟ ଗୃହରେ ଉପସ୍ଥାପିତ ହୋଇଛି ।

## ସରିଲା ବିଧାନସଭା ଅଧିବେଶନ: ବିରୋଧୀ ଦିଶାହୀନ, ସରକାର ଫାଇଦା ନେ

ଭୁବନେଶ୍ୱର,୧୧।୯(ପି.ଏନ): ରାଜ୍ୟରେ ବିଜେପି ସରକାର କ୍ଷମତାକୁ ଆସିବା ପରେ ବିଧାନସଭାର ପ୍ରଥମ ବଜେଟ୍ ଅଧିବେଶନ ଆଜି ଶେଷ ହୋଇଛି । ଜୁଲାଇ ୨୨ତାରିଖରୁ ଆରମ୍ଭ ହୋଇଥିବା ଏହି ଅଧିବେଶନକୁ ଆଜି ଅନିର୍ଦ୍ଦିଷ୍ଟ କାଳ ପାଇଁ ବାଚ୍ସ୍ପତି ସୁରମା ପା?ୀ ମୁଲତବୀ ଘୋଷଣା କରିଛନ୍ତି । ଏହି ଅଧିବେଶନରେ ବିରୋଧୀ ବିଜେଡି ଓ କଂଗ୍ରେସ ସମ୍ପୂର୍ଣ୍ଣ ଭାବେ ଦିଶାହୀନ ହୋଇ ରହିଥିଲେ । ଆଉ ସରକାର ପରିଚାଳନାରେ ନବାଗତ ବିଜେପିକୁ ଏହାର ଫାଇଦା ମିଳିଥିବା ଦେଖିବାକୁ ମିଳିଛି । ବିଧାନସଭାରେ ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ ଓ ଉପନେତା ପ୍ରସନ୍ନ ଆଚାର୍ଯ୍ୟଙ୍କ ନିୟମିତ ଅନୁପସ୍ଥିତି ହିଁ ବିରୋଧୀ ଦଳର ଦିଶା ନିର୍ଦ୍ଧାରଣରେ ପ୍ରତିବନ୍ଧକ ସାଜିଥିଲା । ଆଉ କଂଗ୍ରେସ ବିଧାୟକମାନଙ୍କ ମଧ୍ୟରେ ତାଳମେଳ ନଥିବା ଯୋଗୁ ଶାସକ ବିଜେପିକୁ ଏହାର ଫାଇଦା ମିଳିଛି ।ବିଧାନସଭା




ସଚିବାଳୟରୁ ମିଳିଥିବା ସୂଚନା ଅନୁସାରେ, ସପ୍ତଦଶ ବିଧାନସଭାର ପ୍ରଥମ ଅଧିବେଶନ ଜୁଲାଇ ୨୨ତାରିଖରୁ ଆରମ୍ଭ ହୋଇ ଆଜି ଶେଷ ହୋଇଛି । ଏହି ଅବଧି ମଧ୍ୟରେ ଗୃହରେ ୧୯ଟି ମୁଲତବୀ ପ୍ରସ୍ତାବ ସମେତ ବ୍ୟୟମଞ୍ଜୁରୀ ବିଲ୍ ପାରିତ ହୋଇଛି । ୬ଟି ସିଏଜି ରିପୋର୍ଟ ପାରିତ ହୋଇଛି । ମୋଟ ୨୫ଦିନ ବୈଠକ ବସିଛି ।

### ବିଧାନସଭାରେ ଗୋ ସୁରକ୍ଷା ପାଇଁ ସରକାରଙ୍କ ତତ୍ପରତା, ନିର୍ମାଣ ହେବ ୨୦୦ ଗୋଶାଳା

ଭୁବନେଶ୍ୱର,୧୧।୯(ପି.ଏନ): ଭାରତୀୟ ସଂସ୍କୃତିରେ ଗୋ ମାତାଙ୍କୁ ପୂଜାର୍ଚ୍ଚନା କରାଯାଏ । ଗୋ ମାତାଙ୍କ ଶରୀରରେ ୩୩ କୋଟି ଦେବା ଦେବୀ ବାସ କରନ୍ତି ବୋଲି ଲୋକଙ୍କ ବିଶ୍ୱାସ । ତେଣୁ ଗୋ ମାତାଙ୍କ ସୁରକ୍ଷାକୁ ଦୃଷ୍ଟିରେ ରଖି ସରକାର ତତ୍ପରତା ଦେଖାଇଛନ୍ତି । ରାଜ୍ୟରେ ୨୦୦ ଗୋଶାଳା ନିର୍ମାଣ କରିବେ ସରକାର । ଏନେଇ ପଶୁ ସମ୍ପଦ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକ ଗୃହରେ ଘୋଷଣା କରିଛନ୍ତି । ଏହା ସହ ସେ ଗୋଶାଳା ନିର୍ମାଣ କରିବାକୁ ସମସ୍ତ ବିଧାୟକଙ୍କୁ ଅପିଲ କରିଛନ୍ତି । ଗୋଶାଳା ନିର୍ମାଣ କଲେ ୯୦ ପ୍ରତିଶତ ସବସିଡି ଦିଆଯିବ । ଏହା ସହ ସରକାରଙ୍କ ତରଫରୁ ଅନ୍ୟାନ୍ୟ ସୁବିଧା ମଧ୍ୟ ଦିଆଯିବ ବୋଲି କହିଛନ୍ତି ।

### ଭିଜିଲାନ୍ସ ଜାଲରେ କନିଷ୍ଠ ଯନ୍ତ୍ରୀ, ଆୟ ବହିର୍ଭୂତ ସମ୍ପତ୍ତି ଠୁଳ ଅଭିଯୋଗ

ଭଞ୍ଜନଗର,୧୧।୯(ପି.ଏନ): ଗଞ୍ଜାମ ଭଞ୍ଜନଗର ଜଳସମ୍ପଦ ବିଭାଗର କନିଷ୍ଠ ଯନ୍ତ୍ରୀଙ୍କ ଘରେ ଭିଜିଲାନ୍ସ ରେଡ୍ । ଆୟ ବହିର୍ଭୂତ ସମ୍ପତ୍ତି ଠୁଳ ଅଭିଯୋଗରେ ଭଞ୍ଜନଗର କୁଲାଡ ସ୍ଥିତ କନିଷ୍ଠ ଯନ୍ତ୍ରୀ ପ୍ରସନ୍ନ ସ୍ୱାଇଁଙ୍କ ଘରେ ଭିଜିଲାନ୍ସ ଚଢ଼ାଉ ଜାରି ରଖିଛି । ବ୍ରହ୍ମପୁର ଓ ଫୁଲବାଣୀ ଭିଜିଲାନ୍ସ ପକ୍ଷରୁ ମିଳିତ ଚଢ଼ାଉ କରାଯାଇଥିବା ଜଣାପଡିଛି ।ଜଳସମ୍ପଦ ବିଭାଗର କନିଷ୍ଠ ଯନ୍ତ୍ରୀ ପ୍ରସନ୍ନ ସ୍ୱାଇଁଙ୍କ ଏକାକାଳୀନ ୯ଟି ସ୍ଥାନରେ ଭିଜିଲାନ୍ସ ଚଢ଼ାଉ ଚାଲିଥିବା ନେଇ ଭିଜିଲାନ୍ସ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି । ଭଞ୍ଜନଗର ବାଗଦେବୀ ରୋଡ ସ୍ଥିତ ବାସଭବନ ଓ ୩ ମହଲା ଘର, ଭଞ୍ଜନଗରର ଅଫିସ୍, ନିର୍ମାଣାଧୀନ ଦୁଇମହଲା ଘର, ବ୍ରହ୍ମପୁରର

### ଘୋଷଣା

ଯାନ୍ତ୍ରିକ ତ୍ରୁଟି ଯୋଗୁଁ 'ପର୍ଯ୍ୟବେକ୍ଷକ' ୧୧ ତାରିଖ ସଂସ୍କରଣଟି ପ୍ରକାଶ ପାଇ ପାରିନଥିଲା । ଏହି ଅନିଚ୍ଛାକୃତ ତ୍ରୁଟି ପାଇଁ ଆମେ ଦୁଃଖିତ ।

–ପ୍ରକାଶକ

## ୨୦୨୫ ସୁଦ୍ଧା ସମସ୍ତ ରାଜସ୍ୱ ଗାଁକୁ ପହଞ୍ଚିବ ବିଜୁଳି: ବିଧାନସଭାରେ ଉତ୍ତର ରଖିଲେ ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂ ଦେଓ

ଭୁବନେଶ୍ୱର,୧୧।୯(ପି.ଏନ): '୨୦୨୫ ସୁଦ୍ଧା ସମସ୍ତ ରାଜସ୍ୱ ଗାଁକୁ ବିଜୁଳି ଯୋଗାଣ ହେବ', ବୋଲି ଆଜି ବିଧାନସଭାରେ ଗ୍ରାମାଞ୍ଚଳରେ ବିଦ୍ୟୁତ ସମସ୍ୟାକୁ ନେଇ ପ୍ରଶ୍ନକାଳରେ ଘସିପୁରା ବିଧାୟକ ବଦ୍ରି ନାରାୟଣ ପାତ୍ରଙ୍କ ପ୍ରଶ୍ନରେ ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂ ଦେଓ ଉତ୍ତର ରଖିଥିଲେ ।ଅପହଂଚ ଅଂଚଳରେ ବିଦ୍ୟୁତ ସଂଯୋଗ ଲାଗି ଓରେଡା ଦାୟିତ୍ୱରେ ଥିବା ଜିଲ୍ଲାସ୍ତରୀୟ କମିଟି ବସିବାରେ କାହିଁକି ଅନିୟମିତତା ଦେଖାଦେଇଛି ? କେବେ ସୁଦ୍ଧା ସବୁ ଗାଁକୁ ବିଦ୍ୟୁତ ସଂଯୋଗ କରାଯିବ ବୋଲି ପ୍ରଶ୍ନ ପଚାରିଥଲେ ବିଜେଡି ବିଧାୟକ ବଦ୍ରି ପାତ୍ର । ଏହାର ଉତ୍ତରରେ ଶକ୍ତି ମନ୍ତ୍ରୀ କେଭି ସିଂ ଦେଓ କହିଥିଲେ ୨୪ ବର୍ଷ ହେଲା ବିଜେଡି ଶାସନ କରୁଥିଲା । ଜିଲ୍ଲାସ୍ତରୀୟ କମିଟି ନ ବସିବାର



କାରଣ ଆପଣ କହିପାରିବେ । ଆମେ ୩ ମାସ ହେଲା ଆସିଛୁ । ଆମେ ଆଶ୍ୱାସନା ଦେଉଛୁ କି ଏଣିକି ନିୟମିତ କମିଟି ବସିବ । ଏହା ବ୍ୟତୀୟ ସ୍ମାର୍ଟ ମିଟର ଅବ୍ୟବସ୍ଥାକୁ ନେଇ ବିଧାୟକ ଅଶୋକ ଦାସଙ୍କ ପ୍ରଶ୍ନର ଉତ୍ତରରେ ଶକ୍ତି ମନ୍ତ୍ରୀ ଶକ୍ତି ସଂରକ୍ଷଣ ପାଇଁ ଅପିଲ କରିଛନ୍ତି । ସେ କହିଛନ୍ତି ଶକ୍ତି ସଂରକ୍ଷଣ ଶିଖନ୍ତୁ, ମାଗଣା ବିଜୁଳି ଆଶା ରଖନ୍ତୁ ନାହିଁ । ଶକ୍ତି ସଂରକ୍ଷଣ ସଚେତନତା ପାଇଁ ଉପଭୋକ୍ତାଙ୍କୁ ମେସେଜ୍ ଓ ଭିଡିଓ ପଠାଯାଉଛି ।

### ଭୟଙ୍କର ନିର୍ଯାତନା: ମଦ ପିଇବାକୁ ମନା କରିବାରୁ ଛାତ୍ରଙ୍କୁ ବେଲ୍ଟରେ ପିଟିଲେ

ଭୁବନେଶ୍ୱର,୧୧।୯(ପି.ଏନ): ଉଦ୍ୟମ କରି ନିଜ ଇଚ୍ଛାକୁ ଜଣେ ଶିକ୍ଷାର୍ଥୀଙ୍କ ଉପରେ ଲଦି ବିଫଳ ହେବା ପରେ କିଛି ଛାତ୍ର ଘଟାଇଛନ୍ତି ଅଭାବନୀୟ କାଣ୍ଡ । କଥା ନ ଶୁଣିବାରୁ ଛାତ୍ରମାନେ ତାଙ୍କୁ ଗୋଟିଏ ରୁମ ଭିତରେ ବନ୍ଦ କରି ଦେଇଛନ୍ତି ଭୟଙ୍କର ନିର୍ଯାତନା ।ତାଙ୍କୁ ବିଧା ଗୋଇଠା ମାରିବା ସହ ବେଲ୍ଟରେ ପିଟିଛନ୍ତି । ଛାତ୍ର ଜଣଙ୍କର ଅପରାଧ କ'ଣ ଜାଣିଛନ୍ତି କି ଆକ୍ରମଣକାରୀମାନେ ତାଙ୍କୁ ମଦ ପିଇବାକୁ କହିଥିଲେ ଓ ସେ ମନା କରିଥିଲେ । ବାସ୍ ଏଥିପାଇଁ ତାଙ୍କୁ ମିଳିଛି ଏପରି ଦଣ୍ଡ । ହିମାଚଳ ପ୍ରଦେଶର ଗୋଟିଏ ଘରୋଇ ବିଶ୍ୱବିଦ୍ୟାଳୟର ଛାତ୍ରମାନେ ଏଭଳି କାଣ୍ଡ ଘଟାଇଛନ୍ତି ।ଛାତ୍ରଙ୍କ ଉପରେ ହୋଇଥିବା ଆକ୍ରମଣ କ୍ୟାମେରାରେ କଏଦ ହୋଇଛି । ପୀଡିତ ଛାତ୍ର କଲେଜରେ ପଢୁଥିବା ୫ ଜଣଙ୍କୁ ପୁଲିସ୍ ଏଥିପାଇଁ ଗିରଫ କରିଛି ।

## ଭାରତର ସେମିକଣ୍ଡକ୍ଟର ସ୍ୱପ୍ନକୁ ନେଇ ଏମିତି କହିଲେ ପ୍ରଧାନମନ୍ତ୍ରୀ ମୋଦି

ଭୁବନେଶ୍ୱର,୧୧।୯ (ପି.ଏନ): ଉତ୍ତରପ୍ରଦେଶର ଗ୍ରେଟର୍ ନୋଏଡାରେ ଆୟୋଜିତ ସେମିକନ୍ ଇଣ୍ଡିଆ-୨୦୨୪କୁ ଉଦଘାଟନ କରି ବଡ ବୟାନ ଦେଇଛନ୍ତି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ।ଭାରତକୁ ଏବେ ଗୋଟିଏ ସେମିକଣ୍ଡକ୍ଟର ହବ୍ ଭାବେ ଉଭା ହୋଇଥିବା ପ୍ରଧାନମନ୍ତ୍ରୀ ମୋଦି କହିଛନ୍ତି । କାର୍ଯ୍ୟକ୍ରମକୁ ଉଦଘାଟନ କରି ମୋଦି କହିଛନ୍ତି, ଭାରତରେ ସ୍ଥିର ଓ ସଂସ୍କାରଶୀଳ ସରକାର ଥିବାରୁ ଏବେ ହିଁ ସେମିକଣ୍ଡକ୍ଟର ଶିଳ୍ପରେ ନିବେଶ ପାଇଁ ପ୍ରକୃଷ୍ଟ ସମୟ ।ସେମିକଣ୍ଡକ୍ଟର ପାୱାରହାଉସ ବନିବାକୁ ଯାହା ଦରକାର ଭାରତ ତାହା କରିବ । ଆମେ ୮୫ ହଜାର ସେମିକଣ୍ଡକ୍ଟର-ରେଡି ଟେକ୍ନିସିଆନ,




ଇଞ୍ଜିନିୟର ଏବଂ R&D ଏକ୍ସପର୍ଟ ତିଆରି କରୁଛୁ । ଚଳିତ ଦଶନ୍ଧି ଶେଷ ସୁଦ୍ଧା ଭାରତ ୫ଶହ ବିଲିୟନ ଡଲାରର ଇଲେକ୍ଟ୍ରୋନିକ୍ସ ସେକ୍ଟର ଏବଂ ୬୦ ଲକ୍ଷ ନିଯୁକ୍ତି ସୃଷ୍ଟି ପାଇଁ ଲକ୍ଷ୍ୟ ରଖିଛି । ସେମିକଣ୍ଡକ୍ଟର ଉତ୍ପାଦନ ଶିଳ୍ପ ପ୍ରତିଷ୍ଠା ପାଇଁ ସରକାର ୫୦ ପ୍ରତିଶତ ଆର୍ଥିକ ସହାୟତା ଦେଉଛନ୍ତି ବୋଲି ମୋଦି କହିଛନ୍ତି ।

## ଆୟୁଷ୍ମାନ ଭାରତକୁ ନେଇ ବଡ ଘୋଷଣା କଲେ କେନ୍ଦ୍ର ସରକାର



ଭୁବନେଶ୍ୱର,୧୧।୯(ପି.ଏନ): ସ୍ୱାସ୍ଥ୍ୟ ବୀମା ଯୋଜନା ଆୟୁଷ୍ମାନ ଭାରତକୁ ନେଇ ଆଜି ବଡ ଘୋଷଣା କରିଛନ୍ତି କେନ୍ଦ୍ର ସରକାର । ଏଣିକି ଆୟୁଷ୍ମାନ ଭାରତ ଯୋଜନାରେ ଯୋଡି ହେବେ ନୂଆ ହିତାଧିକାରୀ । ଏବେ ୭୦ ବର୍ଷ ବୟସ୍କ ସବୁ ଲୋକ ଆୟୁଷ୍ମାନ ଭାରତ ଯୋଜନାରେ ମାଗଣା ଚିକିତ୍ସା ସେବାର ସୁବିଧା ପାଇବେ ।ସେମାନଙ୍କ ଆର୍ଥିକ ସ୍ଥିତି ଯାହା ହେଉ ନା କାହିଁକି, ସେମାନେ ଆୟୁଷ୍ମାନ ଭାରତର ଫାଇଦା ହାସଲ କରିପାରିବେ । ଏନେଇ ଆଜି କେନ୍ଦ୍ର ସରକାର ଘୋଷଣା କରିଛନ୍ତି ।ଆଜି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ଅଧ୍ୟକ୍ଷତାରେ ବସିଥିବା କେନ୍ଦ୍ର କ୍ୟାବିନେଟରେ ଏପରି ନିଷ୍ପତ୍ତି ହୋଇଛି । କେନ୍ଦ୍ର ସରକାର ଗୋଟିଏ ବିବୃତିରେ କହିଛନ୍ତି, ଆୟୁଷ୍ମାନ ଭାରତ ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନା(ଏବିପିଏମ-ଜେଏୱାଇ) ୪.୫ କୋଟି ପରିବାରକୁ ଫାଇଦା ଦେବେ ।

## ସରକାରକୁ ୩ମାସ ପୂରିଲା: ୬୦ପୃଷ୍ଠାର ଚାର୍ଜସଟ୍ ଆଣିଥିଲା ବିଜେପି, ଚ୍ୟାଲେଞ୍ଜ ଦେଲାଣି ବିଜେଡି, ତଥାପି ଆକ୍ସନ୍ ଶୂନ୍ ?

ଭୁବନେଶ୍ୱର,୧୧।୯(ପି.ଏନ): ନବୀନ ପଟ୍ଟନାୟକ ସରକାରକୁ ଶକ୍ତଝଟକା ଦେଇ ରାଜ୍ୟରେ ବିଜେପି ଏକାକୀ ସରକାର ଗଠନକୁ ଆଜି ୩ମାସ ପୁରିଛି । କିନ୍ତୁ ବିଜେଡିର ୨୪ବର୍ଷର ଶାସନ ବିରୁଦ୍ଧରେ ଭୋଟ ପୂର୍ବରୁ (୨୦୨୪ ଏପ୍ରିଲ ୨୪ତାରିଖ) ଖୋଦ୍ ରାଜ୍ୟ ବିଜେପି ଆଣିଥିବା ୬୦ପୃଷ୍ଠାର ଚାର୍ଜସିଟ୍ ଉପରେ ଏପର୍ଯ୍ୟନ୍ତ ବିଜେପି ସରକାର କୌଣସି କାର୍ଯ୍ୟାନୁଷ୍ଠାନ ନେବାରେ ସକ୍ଷମ ହୋଇପାରିନାହାନ୍ତି । ଏପରିକି ବିଜେଡି ଶାସନରେ ପୁଳାପୁଳା ଦୁର୍ନୀତି, ମହିଳା ହିଂସା, ଅନିୟମିତତା ଓ ଶାସନ ବ୍ୟବସ୍ଥାକୁ ପଙ୍ଗୁ କରିଦେବାର ଯେଉଁ ପ୍ରକ୍ରିୟା ଚାଲିଥିବାର ଅଭିଯୋଗ ନିଜେ ବିଜେପି କରୁଥିଲା ତା' ଉପରେ କାର୍ଯ୍ୟାନୁଷ୍ଠାନ ତ ଦୂରର କଥା ପୋଷ୍ଟମର୍ଟମ ମଧ୍ୟ କରିବାକୁ ବର୍ତ୍ତମାନର ବିଜେପି ସରକାର ଏପର୍ଯ୍ୟନ୍ତ ଆଖିଦୃଶିଆ ପଦକ୍ଷେପ ନେଇପାରିନଥିବା ଜଣାପଡିଛି । ଏପଟେ ବିଜେଡି ଖୋଲାଖୋଲି ଭାବେ ରାଜ୍ୟର ବିଜେପି ସରକାରଙ୍କୁ ଆକ୍ସନ ନେବାକୁ ଚ୍ୟାଲେଞ୍ଜ ଦେବାକୁ ପଛାଇନାହିଁ ।ସୂଚନା ଅନୁସାରେ, ରାଜ୍ୟରେ ବିଜେପି ନେତୃତ୍ୱାଧୀନ ସରକାରକୁ ଆଜି ୩ମାସ ପୁରିଛି । ବିଜେଡିର ୨୪ବର୍ଷର ଶାସନ କାଳ ମଧ୍ୟରେ ନବୀନ ପଟ୍ଟନାୟକ ସରକାରଙ୍କ ବିରୁଦ୍ଧରେ ରାଜ୍ୟ ବିଜେପି ଯେଉଁ ୬୦ପୃଷ୍ଠାର ଚାର୍ଜସିଟ୍ ଆଣି ୨୫ଟି ପ୍ରଶ୍ନ କରିଥିଲା ତାହା ଏବେ ଶୀତଳଭଣ୍ଡାରରେ । '୨୫ବର୍ଷର ପାପପେଡି: କେତେଦିନ ସହିବା, ଓଡିଶାରେ ପରିବର୍ତ୍ତନ ଆଣିବା' ଶୀର୍ଷକ ଚାର୍ଜସିଟ୍ ଆଣି ବିଜେପି ରାଜ୍ୟରେ ବିଜେଡି ସରକାରରେ ଜଣେ କ୍ୟାବିନେଟ୍ ମନ୍ତ୍ରୀଙ୍କୁ ହତ୍ୟା, କୁଶାସନ, ସ୍ମାର୍ଟ ସ୍କୁଲ ସ୍ମାର୍ଟ ଦୁର୍ନୀତି, ବିଜୁଳି କେଳେଙ୍କାରୀ, ବିଜେଡି ନେତାମାନଙ୍କ ଅପରାଧ, କଳାପାହାଡର କଳା କାରନାମା(ଭିକେ ପାଣ୍ଡିଆନଙ୍କ କାର୍ଯ୍ୟ) ସମେତ ଖଣି-ଡାଲି-ଚିଟଫଣ୍ଡ, ଛତୁଆ ଦୁର୍ନୀତି ସମେତ ପରୀ,ମମିତା ମେହେର, ବେବିନା, ଇତିଶ୍ରୀ, ସସ୍ମିତା ଓ ମାଧବୀଲତାଙ୍କୁ ନ୍ୟାୟ, ସରକାରୀ ପାଣ୍ଠିରେ ଦଳୀୟ ପ୍ରଚାର, ଓଡିଶାର ଖଣି ଲୁଟୁଛି କିଏ ଆଦିକୁ ନେଇ ଭୋଟ୍ ପୂର୍ବରୁ ରାଜ୍ୟ ବିଜେପି ପକ୍ଷରୁ ତତକାଳୀନ ବିଜେଡି ସରକାର ବିରୁଦ୍ଧରେ ଅଭିଯୋଗ ଅଣାଯାଇଥିଲା ।ଅନ୍ୟପକ୍ଷରେ ବିଜେଡିର ଏଭଳି ଦୁର୍ନୀତି, କଳାକାରନାମା ଓ ମନମୁଖୀ



ଶାସନ ବିରୁଦ୍ଧରେ ରାଜ୍ୟବାସୀ ଚଳିତ ନିର୍ବାଚନରେ ଜନାଦେଶ ଦେଇଥିଲେ । ଆଉ ରାଜ୍ୟରେ ବିଜେପିକୁ ସରକାର ଗ?ିବାର ସୁଯୋଗ ଦେଇଛନ୍ତି । ଇତିମଧ୍ୟରେ ବିଜେପି ସରକାରକୁ ୩ମାସ ପୁରିଲାଣି । କିନ୍ତୁ ବିଜେଡି ନେତାମାନଙ୍କ ବିରୁଦ୍ଧରେ ଥିବା ଏହି ସମସ୍ତ ଅଭିଯୋଗ ଘଟଣା ଉପରେ ସାଧାରଣ ଲୋକଙ୍କ ମଧ୍ୟରେ ବିଶ୍ୱାସ ଜନ୍ମାଇବା ଭଳି କୌଣସି ଗୋଟିଏ ଉପରେ କାର୍ଯ୍ୟାନୁଷ୍ଠାନ ନେବାରେ ସରକାର ଏପର୍ଯ୍ୟନ୍ତ ସକ୍ଷମ ହୋଇନାହାନ୍ତି । ଫାଇଭ-ଟି ଅଧ୍ୟକ୍ଷ ନାଁରେ ପାଣ୍ଡିଆନ କିଭଳି ଏତେ କ୍ଷମତାଶାଳୀ ହୋଇଥିଲେ ଓ ଶାସନ ବ୍ୟବସ୍ଥାକୁ କବଳିତ କରି ମନଇଚ୍ଛା ସରକାରୀ ନିଷ୍ପତ୍ତି ନେଉଥିଲେ ତା'ର ମଧ୍ୟ ତଦନ୍ତ ପାଇଁ ସରକାର ପଦକ୍ଷେପ ନେଇନାହାନ୍ତି । ବିଜେଡି ଶାସନ କାଳରେ କିଛି ନିର୍ଦ୍ଦିଷ୍ଟ ରାଜନେତା ସୁଚିନ୍ତିତ ଢଙ୍ଗରେ କୋଟିକୋଟି ଟଙ୍କାର ରାଜସ୍ୱ ଲୁଟ୍ କରୁଥିବାର ଅଭିଯୋଗ ଥିଲେ ମଧ୍ୟ ସେ ଦିଗରେ କିଛି କାର୍ଯ୍ୟାନୁଷ୍ଠାନ ନିଆଯାଇନାହିଁ । ଏପରିକି ହଜାର ହଜାର କୋଟି ଟଙ୍କାର ଚିଟଫଣ୍ଡ ଦୁର୍ନୀତି, ବ୍ଲାକରୋଜ୍ ବୁଡି, ମାହାଙ୍ଗା ଡବଲ ମର୍ଡର, ମମିତା ମେହେର ହତ୍ୟା, ଗୋବିନ୍ଦ ସାହୁ ଆତ୍ମହତ୍ୟା ଓ ନବଦାସ ହତ୍ୟା ମାମଲା ଭଳି ଘଟଣା ପଛରେ କେଉଁମାନେ ସମ୍ପୃକ୍ତ ତା'ର ସାନି ତଦନ୍ତ ଦିଗରେ ବର୍ତ୍ତମାନର ବିଜେପି ସରକାର ବିଗତ ୩ମାସ ମଧ୍ୟରେ କୌଣସି ପଦକ୍ଷେପ ନେଇନଥିବା ଜଣାପଡିଛି ।

## ବରଗଡ ଜିଲ୍ଲାପାଳଙ୍କୁ ମିଠା ପ୍ୟାକେଟ୍‌ରେ ଟଙ୍କା ଦେଇ ବନ୍ଧାହେଲେ ସିମେଣ୍ଟ କଂପାନୀ ଅଧିକାରୀ

ବରଗଡ୍,୧୧।୯(ପି.ଏନ): ବରଗଡ ଜିଲ୍ଲାପାଳଙ୍କୁ ମିଠା ପ୍ୟାକେଟ୍‌ରେ ଟଙ୍କା ଦେଇ ବନ୍ଧା ହୋଇଛନ୍ତି ଛତିଶଗଡର ଏକ ସିମେଣ୍ଟ କମ୍ପାନୀର ଚିଫ୍ ମାନୁଫ୍ୟାକ୍ଚରିଂ ଅଫିସର (ସିଏମ୍ଓ) ରାମଭବ ଗଟ୍ଟୁ । ସରକାରୀ କର୍ମଚାରୀଙ୍କୁ ପ୍ରରୋଚିତ ଉଦ୍ୟମ ପାଇଁ ତାଙ୍କୁ ଗିରଫ କରିଛି ଭିଜିଲାନ୍ସ ।ଭିଜିଲାନ୍ସ ପକ୍ଷରୁ ଦିଆଯାଇଥିବା ସୂଚନା ଅନୁଯାୟୀ, ରାମଭବ ଗଟ୍ଟୁ ଆଜି ବରଗଡ ଜିଲ୍ଲାପାଳ ଆଦିତ୍ୟ ଗୋଏଲଙ୍କୁ ଭେଟିବାକୁ



ଆସିଥିଲେ । ସେହି ସମୟରେ ସେ ଜିଲ୍ଲାପାଳଙ୍କୁ ଏକ ଫୁଲତୋଡା ସହିତ ଏକ ମିଠା ପ୍ୟାକେଟ୍ ଜିଲ୍ଲାପାଳଙ୍କୁ ଦେଇଥିଲେ । ମିଠା ପ୍ୟାକେଟ୍‌କୁ ଦେଖି ଜିଲ୍ଲାପାଳଙ୍କର ସନ୍ଦେହ ହୋଇଥିଲା । ମିଠା ପ୍ୟାକେଟ ଖୋଲିବାକୁ ଜିଲ୍ଲାପାଳ ତାଙ୍କ ପିଅନଙ୍କୁ କହିଥିଲେ । ମିଠା ପ୍ୟାକେଟ୍ ଭିତରେ ୪ଟି ୫୦୦ ଟଙ୍କିଆ ନୋଟ୍ ବଣ୍ଡଲ ଥିଲା । ତେଣୁ ରାମଭବ ଗଟ୍ଟୁଙ୍କୁ ଅଟକ ରଖି ଜିଲ୍ଲାପାଳ ଭିଜିଲାନ୍ସକୁ ଖବର ଦେଇଥିଲା ।

## ଗଣେଶ ଭସାଣୀରେ ଛୁରାମାଡ଼: ଜଣେ ମୃତ, ଏକାଧିକ ଆହତ

କଟକ,୧୧।୯(ପି.ଏନ): ଝିମିଟି ଖେଳରୁ ମହାଭାରତ । ଗଣେଶ ଭସାଣୀରେ ଛୁରାମାଡ । ପ୍ରଥମେ ବଚସା, ହାତାହାତି ପରେ ଛୁରାମାଡ । ଏହି ଘଟଣାରେ ଜଣକର ମୃତ୍ୟୁ ହୋଇଥିବା ବେଳେ ଏକାଧିକ ଆହତ ହୋଇଛନ୍ତି । ଆଠଗଡ ଖୁଣ୍ଟିଆ ଥାନା ଧୁରୁଷିଆ ଗାଁରୁ ସାମ୍ନାକୁ ଆସିଛି ଏଭଳି ଅଭାବନୀୟ ଘଟଣା । ତେବେ ହସ୍ପିଟାଲରେ ଭର୍ତ୍ତି ହୋଇଥିବା ୩ଜଣଙ୍କ ସ୍ୱାସ୍ଥ୍ୟାବସ୍ଥା ଗୁରୁତର ରହିଥିବା ଜଣାପଡିଛି । ପ୍ରଥମେ ସ୍ଥାନୀୟ ହସ୍ପିଟାଲରେ ଭର୍ତ୍ତି କରାଯାଇଥିବା ବେଳେ ପରେ କଟକ ସ୍ଥାନାନ୍ତରିତ କରାଯାଇଛି । ମୃତକ ଜଣକ ନାବାଳକ ବୋଲି ଜଣାପଡିଛି । ପ୍ରକୃତରେ କେଉଁ କାରଣ ପାଇଁ ଛୁରାମାଡ ହୋଇଛି, ସନେଇ ସଠିକ ତଥ୍ୟ ମିଳିପାରି ନାହିଁ ।ସୂଚନା ଅନୁସାରେ, ଧରୁଷିଆ ଗାଁରେ ଗଣେଶ ଭସାଣୀ ସମୟରେ ପ୍ରଥମେ ଦୁଇ ଗୋଷ୍ଠୀ ମଧ୍ୟରେ ପାଟିତୁଣ୍ଡ ହୋଇଥିଲା । ପରେ କଥା କଟାକଟି ଉଗ୍ରରୂପ ନେଇଥିଲା । ଆରୋପ ପ୍ରତ୍ୟାରୋପ ପରେ ଛୁରାମାଡ ଆରମ୍ଭ ହୋଇଥିଲା । ଏହି କାଣ୍ଡରେ ଜଣଙ୍କର ଜୀବନ ଯାଇଛି । ବର୍ତ୍ତମାନ ସୁଦ୍ଧା ମଧ୍ୟ ଗାଁରେ ଉତ୍ତ?ଜନାମୂଳକ ପରିସ୍ଥିତି ଦେଖାଯାଇଛି । ତେବେ ପରିସ୍ଥିତି ଅଣାୟତ ହେବା କାରଣରୁ ଗାଁରେ ପୋଲିସ ଫୋର୍ସ ମୁତୟନ କରାଯାଇଛି । ପୋଲିସ ଏହି ଘଟଣାରେ ଦୁଇ ଜଣଙ୍କୁଅଟକ ରଖି ପଚରାଉଚରା ଜାରି ରଖିଛି ।








# ଟି ଟାଇମ୍

## ଜୋକ୍ସ



ଶିକ୍ଷକ-କାଲି ସ୍କୁଲ କାହିଁକି ଆସି ନଥିଲ ?
ଛାତ୍ର-କାଲି ପରା ମୁଁ ପଡିଗଲି । ଆଉ ଲାଗିଗଲା
ଶିକ୍ଷକ-କେଉଁଠି ପଡିଗଲ ଆଉ କ'ଣ ଲାଗିଗଲା ?
ଛାତ୍ର ଖଟରୁ ପଡିଗଲି ଆଉ ମୋ ଆଖି ଲାଗିଗଲା ।

# ପୁରାଣ କାହାଣୀ

# ବାଣୀ ପ୍ରଭାବରେ ଚୋର ହେଲା ସାଧୁ



ଅନ୍ଧାର ରାତିରେ ଚୋରଟି ଚୋରି କରି ଅଣନିଃଶ୍ୱାସୀ ହୋଇ ଚାଲି ଚାଲି ଥକି ଗୋଟିଏ ବୃକ୍ଷମୂଳେ ବିଶ୍ରାମ ନେଉଥିଲା । ହଠାତ୍ ସେ ରାସ୍ତରକଡରେ ବିଶ୍ରାମ ନେଉଥିବା ସମୟରେ ଜରିମାନଙ୍କ ଉପରେ ନଜର ପଡିଲା । ନିଶ୍ଚିନ୍ତରେ ଶୋଇଥିବା ଜରିର ଜୀବନଧାରା ସହିତ ନିଜକୁ ତୁଳନା କରି ଗଭୀର ଚିନ୍ତା କରିବାକୁ ଲାଗିଲା । କେତେବେଳେ ସୂର୍ଯ୍ୟ ଉଦୟ ହେଲେ ତାହା ସେ ଜାଣି ପାରିଲା ନାହିଁ । ଅନ୍ଧାର ଅପସରି ଆସୁଥିବା ବେଳେ ଚୋରର ମାନସିକ ଉଦବେଳନ ବଢ଼ି ଚାଲିଥାଏ । ସେହି ସମୟରେ ସେ ଲୋକଙ୍କୁ ଦେଖି ଭୟଭୀତ ହୋଇ ଚମକି ଉଠିଲା । କାଳେ କିଏ ତାକୁ ଦେଖିଦେଲା ଆଉ ଚିହ୍ନିଦେଲା କି ? ଭିକାରୀ ଓ ବୁଲା କୁକୁର ନିଜ ନିଜ ପେଟ ଭରଣା ପାଇଁ ଏଣେତେଣେ ବୁଲି ଖାଦ୍ୟ ସଂଗ୍ରହ କରିବାକୁ ଲାଗିଲେ । କିନ୍ତୁ ଚୋର ପାଇଁ ଦିନଟି ଥିଲା ଅଭିଶାପ । ଭିକାରୀ କଥା ମନେ ପକାଉ ପକାଉ ତା' ମା କଥା ମନେ ପଡିଲା । ମା'ତାକୁ କହୁଥିଲା କାମକୁ ଡରି ପଳାଇ ଯାଉଛି ଭବିଷ୍ୟତରେ ଅସୁବିଧା ଭୋଗିବୁ । ଏହି କଥା ଭାବୁ ଭାବୁ ରାସ୍ତାରେ ଯାଉଥିବା ଦୁଇ ଦମ୍ପତିଙ୍କ କଥା ଶୁଣିବାକୁ ପାଇଲା । ଦୁଇ ଦମ୍ପତି ରାତିରେ ସାଧୁଙ୍କ ପ୍ରବଚନ ଶୁଣି ସକାଳେ ଘରକୁ ପ୍ରତ୍ୟାବର୍ତ୍ତନ କରୁଥିଲେ । ସେମାନେ ରାସ୍ତାରେ ସାଧୁଙ୍କ ବାଣୀ ଏତେ ଶାନ୍ତିପ୍ରଦ, ହିତକାରକ, ପ୍ରେରଣାଦାୟୀ ଥିଲା ବୋଲି କୁହାକୁହି ହୋଇ ଯାଉଥିଲେ । ଏହା ଶୁଣି ଚୋରର ମନ ସାଧୁଙ୍କ ବାଣୀ ପ୍ରତି ଆକର୍ଷିତ ହେଲା । ସାଧୁଙ୍କ ବାଣୀରେ ସେ ଏତେ ବିମୁଗ୍ଧ ହୋଇଗଲାଯେ ସେ ସାଧୁଙ୍କ ନିକଟକୁ ଆସିଲା ଓ ପ୍ରବଚନ ଶୁଣିଲା । ଲୁଚାଛପା କାମ କଲେ ମନରେ ଭୟ ଜାତ ହୋଇଥାଏ ବୋଲି ସାଧୁ କହିଲେ । ପରେ ଚୋର ସାଧୁଙ୍କୁ ସବୁ ସତ କଥା କହିଲା । ଅଜ୍ଞାତବସତଃ ମୁଁ ଆଜିଯାଏଁ କୁକର୍ମ କରି ଆସୁଥିଲି । କିନ୍ତୁ ଏବେ ପ୍ରତିଜ୍ଞା କରୁଛି ଆଜିଠାରୁ ମୁଁ ପରିଶ୍ରମ କରିବି ବୋଲି ସାଧୁଙ୍କୁ ସେ ପ୍ରତିଶ୍ରୁତି ଦେଇଥିଲା ।

# ଆଜିର ଭାଗ୍ୟ

**ମେଷ** କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** ଯେତେ ତ୍ୟାଗ ସ୍ୱିକାର କଲେ ମଧ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

# କୃତ୍ରିମ ଜଳପ୍ରପାତ



ଚାଇନା ଅନ୍ତର୍ଗତ ୟୁନାନ ପ୍ରଦେଶର କୁନମିଂରେ ପର୍ଯ୍ୟଟକଙ୍କ ମନୋରଞ୍ଜନ ପାଇଁ ଏକ କୃତ୍ରିମ ଜଳ ପ୍ରପାତ ସୃଷ୍ଟି କରାଯାଇଛି । ଏହାର ଉଚ୍ଚତା ସାଢ଼େ ୧୨ ମିଟର । ଚଉଡା ଚାରି ଶହ ମିଟର । ନିଉଲାନ୍ ନଦୀରେ ପ୍ରବାହିତ ଜଳକୁ ୟୁନାନର ବୃହତ୍ତମ ମଧୁର ଜଳ ହ୍ରଦ ଡିଆନସି ମଧ୍ୟରେ ପ୍ରବେଶ କରାଇ ଏହି ପ୍ରପାତ ସୃଷ୍ଟି କରାଯାଇଛି । ଏହାଦ୍ୱାରା ବନ୍ୟା ବିପ୍ୟାତରୁ ରକ୍ଷା ମିଳିବା ସହ ସହରର ପାନୀୟ ଜଳ ଯୋଗାଣ ବ୍ୟବସ୍ଥାରେ ଉନ୍ନତି ଆସି ପାରିବ । କୃତ୍ରିମ ଜଳ ପ୍ରପାତ ଚାରିପଟେ ଉଦ୍ୟାନ ରହିଛି । ଦୁଇ ବର୍ଷ ତଳେ ଉଭୟ ପ୍ରପାତ ଓ ଉଦ୍ୟାନ ବିକଶିତ କରାଯାଇଛି । ଉକ୍ତ ପ୍ରକଳ୍ପରେ ସତର କୋଟି ମାର୍କିନ୍ ଡଲାର ବ୍ୟୟ ହୋଇଥିବା ପ୍ରକାଶ ।

# ଦାନ୍ତରେ ଟାଟୁ



ଅତ୍ୟାଧୁନିକା ମହିଳାମାନେ ସବୁବେଳେ ଚାହାନ୍ତି କେମିତି ନିଜକୁ ଭିନ୍ନ ଶୈଳୀରେ ପ୍ରଦର୍ଶିତ କରିବେ ଏବଂ ଶରୀରର ସୌନ୍ଦର୍ଯ୍ୟ ବୃଦ୍ଧି କରିବେ। ଆଜିକାର ଫ୍ୟାଶନ ଯୁଗରେ ଏଭ୍ରି ଅଡ୍ ଇଜ୍ ଏ ଷ୍ଟାଇଲକୁ ମଧ କେତେକ ଗ୍ରହଣ କରି ସେହିପରି ଢଙ୍ଗରେ ନିଜକୁ ସଜାଉଛନ୍ତି। ଏବେ ଏବେ ସୌନ୍ଦର୍ଯ୍ୟ ସଚେତନ ତରୁଣୀମାନେ ଦାନ୍ତରେ ଟାଟୁ ଆଙ୍କିବା ଦିଗରେ ବେଶି ଢଳୁଥିବା ପରିଲକ୍ଷିତ ହେଉଛି, ଯେମିତି କିଛି ବର୍ଷ ତଳେ 'ନାହିମୁଦି' ଫ୍ୟାଶନ ଅନେକଙ୍କୁ କିମିଆ କରିଥିଲା। ଦାନ୍ତରେ ଟାଟୁ ଆଙ୍କିବା ନୂଆ କଥା ନୁହେଁ। ଆଠଦଶ ବର୍ଷ ତଳେ ଦାନ୍ତରେ ଟାଟୁ କରି ହିପ୍‌ହପ୍ ଗାୟିକା, ନୃତ୍ୟଙ୍ଗନା ଓ ମେଡଲମାନେ ବିଭିନ୍ନ ଶୋ'କୁ ଆସିବା ପରେ ଏହାର ଚାହିଦା ବଢ଼ିବଢ଼ି ଚାଲିଛି। କିଶୋରୀ, କଲେଜ ଛାତ୍ରୀଠୁ ଆରମ୍ଭ କରି ପଇଁତିରିଶ ବର୍ଷ ଭିତରର ମହିଳାଙ୍କୁ ଦାନ୍ତରେ ଟାଟୁ ବେଶ୍ ମାନିବ ବୋଲି ସୌନ୍ଦର୍ଯ୍ୟ ବିଶେଷଜ୍ଞମାନେ କହନ୍ତି। ଅସ୍ଥାୟୀ ଓ ସ୍ଥାୟୀ ଭାବେ ଦାନ୍ତରେ ଟାଟୁ କରିହେବ।

# ପ୍ରସବ କରିବ ରୋବଟ !



ଇଞ୍ଜିନିୟର ତଥା ନୋବେଲିଷ୍ଟ ଜର୍ଜ ଜୈରକୈଡାକିସ୍‌ଙ୍କ ମତ ଅନୁସାରେ ଆସନ୍ତା ୨୦ରୁ ୩୦ ବର୍ଷ ମଧ୍ୟରେ ଏଭଳି ରୋବଟ ତିଆରି କରାଯାଇପାରିବ, ଯାହା ମଣିଷ ସହିତ ଶାରୀରିକ ସମ୍ପର୍କ ରଖିପାରିବ ଏବଂ ସନ୍ତାନ ପ୍ରସବ କରିପାରିବ। ଏପରିକି କେବଳ ରୋବଟ ପରସ୍ପର ମଧ୍ୟରେ ଶାରୀରିକ ସମ୍ପର୍କ ରଖିପାରିବେ। ବିଶେଷଜ୍ଞଙ୍କ କହିବା ଅନୁସାରେ ଯଦି ମଣିଷଙ୍କ ଅପେକ୍ଷା ରୋବଟଙ୍କ ସଂଖ୍ୟା ବୃଦ୍ଧି ପାଏ ତେବେ ଏହା ଦୁଃସ୍ୱପ୍ନ ସୃଷ୍ଟି କରିବ। ଏହାବ୍ୟତୀତ ପ୍ରଫେସର ବାର୍ଦିକଙ୍କ ମତ ଅନୁସାରେ ରୋବଟର ଶାରୀରିକ ସମ୍ପର୍କ ସ୍ଥାପନ କରିବା ଏବଂ ସନ୍ତାନ ପ୍ରସବ କରିବା ନେଇ ସାମାଜିକ ସ୍ୱିକୃତୀ ବିଷୟରେ ଚିନ୍ତା କରାଯିବ। ଏଭଳି କୌଶଳକୁ ନେଇ କିଛି ପ୍ରତିକ୍ରିୟା ଓ ସମସ୍ୟା ମଧ ଉପୁଜିପାରେ ବୋଲି ବୈଜ୍ଞାନିକମାନେ ମତ ଦେଇଛନ୍ତି।

# ସ୍ମରଣଶକ୍ତି ବଢ଼ାଏ ଅଣ୍ଡା

ଆମେରିକା ସ୍ଥିତ ଟପ୍ଟ ୟୁନିଭରସଟିର ରିସର୍ଚ୍ଚ କର୍ତ୍ତାମାନଙ୍କ କହିବା ହେଉଛି କି ଅଣ୍ଡା ଖାଇବା ଦ୍ୱାରା ମସ୍ତିଷ୍କ ମଜଭୁତ୍ ହୋଇଥାଏ ଏବଂ ଡିମେନ୍‌ସିୟା ଭଳି ରୋଗର ଭୟ ଟଳିଯାଇଥାଏ । ଏହି ସମସ୍ୟାରେ ପୀଡ଼ିତ ଲୋକମାନଙ୍କର ସ୍ମରଣ ଶକ୍ତି ଅତି କମ୍ ହୋଇଯାଇଥାଏ । ରିସର୍ଚ୍ଚରେ ସାମିଲ୍ ଥିବା ଲୋକମାନଙ୍କୁ ଦୁଇ ଟିମ୍‌ରେ ବିଭାଜିତ କରାଯାଇଥିଲା । ପ୍ରଥମ ଟିମ୍‌କୁ ଖାଇବା ପାଇଁ ନିୟମିତ ୨ଟି ଲେଖାଏଁ ଅଣ୍ଡା ଦିଆଯାଉଥିଲା । ଯେବେକି ଅନ୍ୟ ଟିମ୍‌କୁ ଅଣ୍ଡା ପ୍ରତିବଦଳରେ ଅନ୍ୟାନ୍ୟ ଦ୍ରବ୍ୟ ଖାଇବାକୁ ଦିଆଯାଉଥିଲା । ମାସକ ପରେ ଦୁଇଟି ଟିମ୍‌ର ସଦସ୍ୟମାନଙ୍କର ସ୍ମରଣ ଶକ୍ତି, ତର୍କ କ୍ଷମତା ଏବଂ ଏକାଗ୍ରତା ସ୍ତରର ପରୀକ୍ଷା କରାଯାଇଥିଲା । ନିୟମିତ ଅଣ୍ଡା ଖାଉଥିବା ଟିମ୍‌ର ସଦସ୍ୟମାନଙ୍କର ପ୍ରଦର୍ଶନ ଅନ୍ୟ ଟିମ୍ ତୁଳନାରେ ଅଧିକ ଭଲ ହୋଇଥାଏ । ଅଣ୍ଡାରେ ଲ୍ୟୁଟିନ୍ ଏବଂ ଜେସିକାଥିନ୍ ନାମକ ଦୁଇ ପ୍ରକାର ଅକ୍ସିକରଣ ରୋଗ ପ୍ରତିରୋଧକ ତତ୍ତ୍ୱ ମିଳିଥାଏ । ଯାହା ଭାବିବା ଓ ବୁଝିବା ପ୍ରକ୍ରିୟାକୁ ସହଜ କରିଥାଏ । ଏଥିପାଇଁ ଆପଣ ମାଂସାହାରୀ ହୋଇଥାନ୍ତି ତେବେ ପ୍ରତିଦିନ ଖାଦ୍ୟରେ ଅଣ୍ଡାକୁ ସାମିଲ କରନ୍ତୁ ।

# ଜିନ୍ସ ସୃଷ୍ଟି କରୁଛି ସମସ୍ୟା



ଆଜିକାର ଅତ୍ୟାଧୁନିକ ଯୁବତୀମାନେ ଚିପା ଜିନ୍ସ ପିନ୍ଧିବାକୁ ଏକ ଫ୍ୟାଶନ ମନେ କରୁଛନ୍ତି। ହେଲେ ଏହାଦ୍ୱାରା ଯେ ସ୍ୱାସ୍ଥ୍ୟଗତ ସମସ୍ୟା ସୃଷ୍ଟି ହୁଏ ସେଥିପ୍ରତି କେହି ଧ୍ୟାନ ଦିଅନ୍ତି ନାହିଁ। ଏକ ଗବେଷଣାରୁ ଜଣାଯାଇଛି ଯେ ଚିପା ଜିନ୍ସ ପିନ୍ଧିବା ଦ୍ୱାରା ଏକ ପ୍ରକାର ସ୍ନାୟୁଗତ ରୋଗ ସୃଷ୍ଟି ହୁଏ, ଯାହାକୁ କୁହନ୍ତି 'ମେରାଲଜିଆ ପାରେସ୍ଥଟିକା' ବା 'ଟିଙ୍ଗଲିଙ୍ଗ୍ ଥ୍ରଙ୍ଗ ସିଣ୍ଡ୍ରମ'। ଏହାଦ୍ୱାରା ଜଙ୍ଘରେ ଯାଇଥିବା ଚର୍ମ ସମ୍ବନ୍ଧୀୟ ସ୍ନାୟୁଗୁଡିକ ଏମିତି ପ୍ରତିକ୍ରୀୟାଶୀଳ ହୋଇପଡ଼ନ୍ତି ଯେ ଗୋଡ଼ ଝିମ୍‌ଝିମ୍ ଲାଗିବା ସହ ବିନ୍ଧି ଉଠେ। ଏହି ରୋଗରେ ଗୋଡ଼ ଅକାମି ହୋଇଗଲା ପରି ଅନୁଭୂତ ହୁଏ। ଚିପା ଜିନ୍ସ ସାଙ୍ଗକୁ ଯଦି ହାଇ ହିଲ୍ ଜୋତା ପିନ୍ଧିଥିବେ ତେବେ ଅବସ୍ଥା ଆହୁରି ସଙ୍ଗିନ ହୋଇଯିବାର ଆଶଙ୍କା ଥାଏ।

# ବିଶ୍ୱର ବଡ ଫୁଲ ବଜାର



ବିଶ୍ୱର ସବୁଠୁ ବଡ ଫୁଲ ବଜାର ପ୍ରତିଦିନ ଉତ୍ତର ହଲାଣ୍ଡ ଅନ୍ତର୍ଗତ ଆଲସମିର ସହରରେ ବସେ । ସେଠାରେ ବିଶ୍ୱର ସମସ୍ତ ଅଞ୍ଚଳର ଫୁଲ ବିକ୍ରି ହୁଏ । ଦୈନିକ ପ୍ରାୟ ଦୁଇ କୋଟିର ଫୁଲ ସେଠାରେ କାରବାର ହୋଇଥାଏ । ୨୪୩ ଏକର ଜମି ଉପରେ ଏଥିପାଇଁ ଗୋଦାମ ତିଆରି କରାଯାଇଛି । ପ୍ରତିଦିନ ରାତି ୧୦ଟା ସୁଦ୍ଧା ସେଠାକୁ ଫୁଲ ଆସେ ସାରା ରାତି ଫୁଲ ସଜାଡିବା କାର୍ଯ୍ୟ ଚାଲେ । ସକାଳ ୬ରେ ଫୁଲ ବିକ୍ରି ଆରମ୍ଭ ହୁଏ । ପାଇକାରୀ ବଜାର ହୋଇଥିବାରୁ ମୁଖ୍ୟତଃ ପାଇକାରୀମମାନେ ଏଠାକୁ ଆସନ୍ତି । ସମସ୍ତ ବିକ୍ରି ବଟା ନିଲାମ ଦ୍ୱାରା ହୁଏ । ଦିନ ୨ଟା ସୁଦ୍ଧା ବ୍ୟବସାୟ ସରେ ଏବଂ ପର ଦିନ ପାଇଁ ପ୍ରସ୍ତୁତି ଆରମ୍ଭ ହୋଇଥାଏ ।

# ଦୁଦୁରା ଫୁଲର ଔଷଧୀୟ ଗୁଣ



ଶ୍ରାବଣ ମାସରେ ମହାଦେବଙ୍କଠାରେ ବିଲ୍ୱପତ୍ର, ଦୁଦୁରା ଏବଂ କ୍ଷୀର ଚଢ଼ାଇବାର ବିଶେଷ ମହତ୍ତ୍ୱ ରହିଛି । ଦୁଦୁରା ପୁଷ୍ପର ବିଶେଷତା ଓଉପଯୋଗ ଅଧିକ । ଆୟୁର୍ବେଦରେ ଦୁଦୁରାକୁ ବିଷ ବର୍ଗରେ ରଖାଯାଇଛି । ଏହାର ବୀଜକୁ ଔଷଧ ରୂପେ ରଖାଯାଏ । ଅଧ ଲିଟର ସୋରିଷ ତେଲରେ ଦୁଦୁରା ପତ୍ରର ରସ ମିଶାଇ ଗରମ କରି ମୁଣ୍ଡରେ ଲଗାଇଲେ ଉକୁଣି ଲୋପ ପାଇଯାଇଥାଏ । ଦୁଦୁରା ପତ୍ରର ରସକୁ ସାମାନ୍ୟ ଗରମ କରି ଗଣ୍ଠି ସ୍ଥାନରେ ଲଗାଇ ପଟି ବାନ୍ଧି ରଖିଲେ ବିନ୍ଧାବୀନ୍ଧି ଦୂର ହୋଇଯାଇ ଥାଏ । ଦୁଦୁରା ଗଛର ପତ୍ର, ଫୁଲ, ଫଳ, ତ୍ୱକ ଏବଂ କାଣ୍ଡର ରସକୁ ମିଶାଇ ରାଶି ତେଲରେ ପକାଇ ଗରମ କରି କାନରେ ପକାଇଲେ କାନ ପରିଷ୍କାର ହେବା ସହ କାନ ପିଡା କମିଯାଏ । ଦୁଦୁରା ମଞ୍ଜିର ପୋଡା ଅଂଶକୁ ଜ୍ୱର ସମୟରେ ଶରୀରରେ ଲଗାଇଲେ ଜ୍ୱର କମ ହୋଇ ଯାଇଥାଏ । ଦୁଦୁରା ଫଳର ଚୂର୍ଣ୍ଣକୁ ଅଧା ଚାମଚ ଗୁଆ ଘିଅ ଓ ମହୁ ସହ ମିଶାଇ ପ୍ରତିଦିନ ସେବନ କଲେ ସ୍ତ୍ରୀ ମାନଙ୍କର ପ୍ରସବ ଠିକ ସମୟରେ ହୋଇଥାଏ ।

# ଫେସ୍‌ବୁକ ମାୟାରେ ଯୁବପିଢ଼ି

ବ୍ୟସ୍ତ ବହୁଳ ଜୀବନରେ ଫେସବୁକ ପାଲଟିଛି ମନୋରଞ୍ଜନର ମାଧ୍ୟମ । କାମରୁ ଟିକିଏ ଫୁରୁସତ ମିଳିଲେ ସମସ୍ତେ ଚାହାନ୍ତି ନିରୋଳାରେ ଅନ୍ତରଙ୍ଗ ବନ୍ଧୁ ସହ ଆଳାପ କରିବାକୁ । କିଛି ମନଖୋଲି କଥା ହେବାକୁ ଏବଂ ଅଜଣା ରାଇଜର ଖବର ଜାଣିବାକୁ । ହେଲେ ଏସବୁ ସମ୍ଭବ ହୋଇଛି ସୋସିଆଲ ମିଡିଆ ଫେସବୁକ ପାଇଁ । ସବୁ ପ୍ରତିବନ୍ଧକକୁ ଡେଇଁ ଫେସବୁକ ସମସ୍ତଙ୍କୁ ନିଜର କରି ପାରିଛି । ସ୍ନେହ, ଶ୍ରଦ୍ଧା ଦେଇ ମନ କିଣିଛି । ସେଥିପାଇଁ ଫେସବୁକ ଆଜି ଲକ୍ଷାଧିକ ଲୋକଙ୍କ ପସନ୍ଦ ପାଲଟିଛି । ସଫଳତାର ୧୦ ବର୍ଷ ଅତିକ୍ରମ କରି ଫେସବୁକ ରେକର୍ଡ ସୃଷ୍ଟି କରିଛି ।

୨୦୦୪ରେ ହାର୍ଭାର୍ଡରେ କିଛି ଛାତ୍ରଛାତ୍ରୀ ମେସେଜ ସେୟାର କରି ମଜା ନେବାର ସଫଳତା ଆଜି ବିଶ୍ୱାବସୀ ଅନୁଭବ କରୁଛନ୍ତି । ଯେଉଁ ମଜା ପରବର୍ତ୍ତି କାଳରେ ସାରା ବିଶ୍ୱାବସୀଙ୍କୁ ଏକତାର ସୂତ୍ରରେ ବାନ୍ଧି ପାରିଛି । ଦୀର୍ଘ ଦଶ ବର୍ଷ ହେଲା ଫେସବୁକ କୁହୁକରେ ସାରା ବିଶ୍ୱ ମସଗୁଲ ହୋଇ ଯାଇଛି । ସବୁ ବର୍ଗର ଜନସାଧାରଣ ଏହି ମୟାଜାଲରେ ଏମିତି ବାନ୍ଧି ହୋଇଛନ୍ତିଯେ ସହଜରେ ମୁକୁଳି ପାରୁ ନାହାନ୍ତି । ବିଶେଷକରି ଯୁବପିଢ଼ିଙ୍କ ପାଇଁ ଫେସବୁକ ଏକ ବରଦାନ ସଦୃଶ ପାଲଟିଛି । ବନ୍ଧୁତା ମଧ୍ୟରେ ଦୂରତା କମାଇବାରେ ଏହି ସୋସିଆଲ ମିଡିଆ ଫେସବୁକ ପ୍ରମୁଖ ଭୂମିକା ଗ୍ରହଣ କରିଛି । ଯେଉଁଥିପାଇଁ ଦିନକୁ ଦିନ ଫେସବୁକର ଲୋକପ୍ରିୟତା ଓ ୟୁଜର୍ସଙ୍କ ସଂଖ୍ୟା ବଢ଼ି ଚାଲିଛି । ୧୦ ବର୍ଷ ପୂର୍ବରୁ ଭାରତରେ ଏହାର ସଚେତନତା କମ ଥିଲା । ତେଣୁ ଫେସବୁକ ସମ୍ବନ୍ଧରେ ଅଧିକାଂଶ ଯୁବପିଢ଼ି ଅଜ୍ଞ ଥିଲେ । କିନ୍ତୁ ଆଇଟି ସେକ୍ଟର ଯେପରି ଭାବେ ଦୃତ ଗତିରେ ଚାରିଆଡେ ବ୍ୟାପିଲା ଭାରତରେ ମଧ୍ୟ ତାର ପ୍ରଭାବ ପଡିଲା । ଫଳରେ ଫେସବୁକ ଧିରେଧିରେ ଜନାଦୃତ ହେଲା । ମୁମ୍ବାଇ, ଦିଲ୍ଲୀ, ବାଙ୍ଗାଲୋର ଏବଂ ହାଇଦ୍ରାବଦ ଭଳି ମେଟ୍ରୋ ସିଟିରେ ଏହି ସୋସିଆଲ ମିଡିଆ ପ୍ରଚାର ପ୍ରସାର ହେବା ପରେ ଗାଁ ଗହଳିରେ ବି ଏହାର ଜାଲ ପଡି ଯାଇଛି । ଫେସବୁକ ମାଧ୍ୟମରେ ଭାବ ଆଦାନ ପ୍ରଦାନ ଅତି ସହଜରେ ହେଉଥିବାରୁ ସମସ୍ତଙ୍କ ପ୍ରିୟଭାଜନ ହୋଇ ପାରିଛି । ବର୍ତ୍ତମାନସୁଦ୍ଧା ଫେସବୁକର ୧୫୦ ବିଲିଅନ ଡଲାର ସହଯୋଗୀ ହୋଇଥିବା ବେଳେ ୨୦୧.୬ ବିଲିଅନ ବ୍ୟକ୍ତି ବନ୍ଧୁତାର ସୂତ୍ରରେ ବାନ୍ଧି ହୋଇଛନ୍ତି । ପ୍ରତି ମାସରେ ୧.୨୩ ବିଲିଅନ ଲୋକ ଫେସବୁକ ବ୍ୟବହାର କରୁଛନ୍ତି । ପ୍ରତିଦିନ ୬ ବିଲିଅନ ଲୋକ ଫେସବୁକ ପସନ୍ଦ କରୁଥିବା ବେଳେ ୪୦୦ ବିଲିଅନ ଫଟୋ ସେୟାର ହୋଇଛି । ଏହାସହ ୭.୮ ଟ୍ରିଲିଅନ ମେସେଜ ଫେସବୁକରୁ ପଠା ଯାଇଛି । ସୋସିଆଲ ନ୍ଲିନିକ ୱେବସାଇଡର ମତ ଅନୁସାରେ କେଳବ ୨୦୧୩ରେ ସାଉଦିରେ ୭.୮ ମିଲିଅନ ଫେସବୁକ ବ୍ୟବହାରକାରୀ ଥିଲେ । ୨୦୦୪ରେ ମାତ୍ର ୧ ମିଲଅନ ଫ୍ୟାନଙ୍କୁ ନେଇ ଆରମ୍ଭ ହୋଇଥିବା ଫେସବୁକ ବର୍ତ୍ତମାନ ୧,୨୩୦ ମିଲିଅନ ବ୍ୟବହାରୀକାରୀଙ୍କ ପାଖରେ ପହଞ୍ଚିଛି । ୨୦୦୫ରେ ୬ ମିଲିଅନ ବ୍ୟବହାରୀକାରୀ ଥିବା ବେଳେ ୨୦୦୭ରେ ୫୮ ମିଲିଅନ, ୨୦୦୮ରେ ୧୪୫ ମିଲିଅନ, ୨୦୦୯ରେ ୩୬୦ ମିଲିଅନ, ୨୦୧୦ରେ ୬୦୮, ୨୦୧୧ରେ ୮୪୫, ୨୦୧୨ରେ ୧,୦୫୬ ଏବଂ ୨୦୧୩ରେ ୧,୨୩୦ ମିଲିଅନ ବ୍ୟକ୍ତି ଫେସବକୁ ବ୍ୟବହାର କରୁଥିବା ୧୦ ବର୍ଷ ପୂର୍ତ୍ତି ଉତ୍ସବରୁ ଜଣାପଡିଥିଲା ।




# ସଂରକ୍ଷିତ ଜଙ୍ଗଲରୁ ଟ୍ରାକ୍ଟର ଜବତ୍ କରି ବନବିଭାଗ ଛାଡିଦେଲା

କେନ୍ଦୁଝର(ପିଏନ)- କେନ୍ଦୁଝର ସଦର ରେଞ୍ଜ ନେଲୁଙ୍ଗ ସଂରକ୍ଷିତ ଜଙ୍ଗଲ ଅନ୍ତର୍ଗତ ଭାଲଘର ନାଳରୁ ବେଆଇନଭାବେ ବାଲି ଲୋଡ କରୁଥିବା ଏକ ଟ୍ରାକ୍ଟରକୁ ବନ ବିଭାଗ ଜବତ୍ କରି ପରେ ଛାଡି ଦେବା ଚର୍ଚ୍ଚାର ବିଷୟ ହୋଇଛି । ଟାଉନ ଫରେଷ୍ଟ ସେକ୍ସନ ଅନ୍ତର୍ଗତ ସଂରକ୍ଷିତ ଜଙ୍ଗଲ ଭିତରେ ଥିବା ଭାଲୁଘର ନାଳରୁ ଗୁରୁବାର ଅପରାହ୍ନରେ ବାଲି ଚୋରୀ ହେଉଥିବା ଖବର ପାଇ ସଦର ରେଞ୍ଜର ଅରବିନ୍ଦ ନାୟକ,ଟାଉନ ଫରେଷ୍ଟର ଭୂପତି ସେଠୀ,ବେଲଦା ଫରେଷ୍ଟ ଗାର୍ଡ ମିତ୍ରଭାନୁ ନାୟକ ଅନ୍ୟ ବନ କର୍ମଚାରୀଙ୍କ ସହ ଘଟଣାସ୍ଥଳକୁ ଯାଇ ବାଲି ବୋଝେଇ ଟ୍ରାକ୍ଟର ଗାଡି ଜବତ୍ କରିଥିଲେ । ପରେ ଜବତ୍ ଟ୍ରାକ୍ଟରକୁ ନରଣପୁର ଫରେଷ୍ଟ ଡିପୋରେ ରଖାଯାଇଥିଲା । ତେବେ ଶନିବାର ଦିନ ଭୋର ସମୟରେ ବନ କର୍ମଚାରୀ ଏବଂ ମାଫିଆ ମଧ୍ୟରେ ମୂଲଚାଲ ହେବା ପରେ ଉକ୍ତ ଗାଡିକୁ ଛାଡି ଦିଆଯାଇଥିବା ଅଭିଯୋଗ ହୋଇଛି । ନରଣପୁର ଫରେଷ୍ଟ ଡିପୋ ଭିତରେ ଥିବା ଟ୍ରାକ୍ଟର ଜବତ୍ ସମୟରେ ରେଜିଷ୍ଟ୍ରର ରେ ଲେଖା ଯାଇନଥିବାବେଳେ ସିଜର ଲିଷ୍ଟ କରାଯାଇନାହିଁ । ତେବେ ବିନା ଜିମାନାମରେ ଗାଡି କିପରି ଛଡା କିପରି ଛଡାଗଲା ତାହାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି । ଏ ନେଇ ଏସିଏଫ ଘନଶ୍ୟାମ ମହାନ୍ତଙ୍କ ସହ ଯୋଗଯୋଗ କରିବାରୁ ଗାଡି ଜବତ୍ ସମୟରେ ମୋତେ ଅବଗତ କରିନଥିବା କହିଛନ୍ତି । ଡିଏଫଓ ସ୍ୱୟମ ମଲ୍ଲିକଙ୍କ ସହ ଯୋଗାଯୋଗ କରିବାରୁ ଘଟଣାର ତଦନ୍ତ ପରେ ପଦକ୍ଷେପ ନିଆଯିବ । ସଦର ରେଞ୍ଜର ଅରବିନ୍ଦ ନାୟକଙ୍କ ସହ ଯୋଗଯୋଗ କରିବାରୁ ଜବତ୍ ଗାଡିର କାଗଜପତ୍ର ଯାଂଚ ପରେ ଛାଡି ଦିଆଯାଇଥିବା ପ୍ରକାଶ କରିଛନ୍ତି । ନେଲୁଙ୍ଗ ସଂରକ୍ଷିତ ଜଙ୍ଗଲ ଏବଂ ମଇଦାନକେଲ,ରଘୁନାଥପୁର ଏବଂ ନରଣପୁର ସଂରକ୍ଷିତ ଜଙ୍ଗଲରୁ ଲଘୁ ଖଣିଜ ସମ୍ପଦ ଅବାଧରେ ଚୋରୀ ହେଉଥିଲେ ହେଁ ବନ ବିଭାଗ ଜାଣି ଚୁପ ରହୁଥିବା ଅଭିଯୋଗ ହୋଇଛି । ସଂରକ୍ଷିତ ଜଙ୍ଗଲ ଭିତରେ ରାସ୍ତା କରି ମାଫିଆମାନେ ଜଙ୍ଗଲ ଧ୍ୱଂସ କରି ବାଲି,ପଥର,ମୋରମ ଚୋରୀ କରୁଥିବାବେଳେ ବନ ବିଭାଗ ନୀରବଦ୍ରଷ୍ଟା ରହୁଛି । ଏପରିକି ଉପରସ୍ଥ ଅଧିକାରୀ ନିୟମିତ ସଂରକ୍ଷିତ ଜଙ୍ଗଲ ପରିଦର୍ଶନରେ ଯାଉନଥିବାରୁ ଏହାର ସୁଯୋଗରେ ତଳତଳିଆ କର୍ମଚାରୀ ମାଫିଆଙ୍କ ସଲାସୁତୁରାରେ ଲଘୁ ଖଣିଜ ସମ୍ପଦ ଲୁଟ କାର୍ଯ୍ୟକୁ ପ୍ରୋତ୍ସାହନ କରୁଛନ୍ତି ।

# ଖଣିରେ ସ୍ଥାନୀୟ ନିଯୁକ୍ତି ନେଇ ଶ୍ରମିକଙ୍କ ଧରଣା





ଯୋଡା,(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଅନ୍ତର୍ଗତ ବଳଦା ଗ୍ରାମପଞ୍ଚାୟତର ସିଲ୍‌ଯୋଡା ସ୍ଥିତ କାସଭି ଇନ୍‌ଟରନ୍ୟାସନାଲ ପ୍ରାଇଭେଟ୍ ଲିମିଟେଡ ଖଣିରେ ବିଭିନ୍ନ ଦାବି କରି ଗ୍ରାମବାସୀ ମାନେ ମଙ୍ଗଳବାର ପୂର୍ବାହ୍ନରେ ଖଣି ଲିଜ ପରିସରରେ ଧାରଣା ଦେଇଥିବା ଜଣାପଡିଛି । ବିର୍ସାମୁଣ୍ଡା ଲେବର କନ୍‌ଟ୍ରାକ୍ଟ ଓ ଆଦିବାସୀ କଲ୍ୟାଣ ସମିତି ପକ୍ଷରୁ ଏହି ଧାରଣା ଦିଆଯାଇଥିବା ଖବର ମିଳିଛି । ପ୍ରଶାସନକୁ ଜଣାଇ କୋଭିଡ୍ ନିୟମକୁ ପାଳନ କରି ଖଣି ପ୍ରଭାବିତ ସିଲଯୋଡା, ଗୁରୁଡା, ତାତପାଣି ପ୍ରଭୃତି ଗ୍ରାମର ଗ୍ରାମବାସୀ ମାନେ ବିଭିନ୍ନ ଦାବି କରି କାସଭି ଖଣି ପରିସରରେ ଧାରଣାରେ ବସିଛନ୍ତି । ପୂର୍ବରୁ ଏହି ଖଣିଟି ମାଙ୍ଗିଲାଲ ରୁଙ୍ଗଟାର ସିଲିଯୋଡା କାଳିମାଟି ଅଧୀନରେ ଥିଲା । ନିଲାମ ପ୍ରକ୍ରିୟାରେ ଅଧିକ ମୂଲ୍ୟ ଦେଇ କାସଭି ଇନଟରନ୍ୟାସନାଲ ପ୍ରାଇଭେଟ ଲିମିଟେଡ ଖଣି ହାତେଇବା ପରେ ପୂର୍ବରୁ ଖଣିରେ କାର୍ଯ୍ୟ କରୁଥିବା ଶ୍ରମିକ ମାନଙ୍କୁ ଓ ଅନ୍ୟାନ୍ୟ ଅଧିକାରୀ ମାନଙ୍କୁ ପୁନଃ ନିଯୁକ୍ତି ଦିଆଯାଇନଥିବାରୁ ଗ୍ରାମବାସୀ ମାନଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି । ଯୋଗ୍ୟତା ଥାଇ ମଧ୍ୟ ସ୍ଥାନୀୟ ଲୋକଙ୍କୁ ସାମାନ୍ୟ ସୁରକ୍ଷା କର୍ମୀ ଚାକିରୀ ମଧ୍ୟ ଦିଆଯାଉନାହିଁ । ଏହି ଖଣିରେ ନିଯୁକ୍ତିକୁ କେନ୍ଦ୍ର କରି ଗତ ସେପ୍ଟେମ୍ବର ମାସ ୨୫ ତାରିଖରେ ଏକ ହିଂସାତ୍ମକ ଆକ୍ରମଣ ଘଟଣା ଘଟିଥିଲା । ଖଣିର ଖଣି ସପକ୍ଷ ବାଦୀ ମାନେ ଏହି ଆକ୍ରମଣ ଭିଆଇଥିବା ଗ୍ରାମବାସୀ ସୁଶାନ୍ତ ଖିଲାର, ସୁବିଦାର ଗାଗରାଇ, ଯୋସେ' ବେଙ୍ଗରା, ବିକାଶ ମହାକୁଡ ପ୍ରମୁଖ ଅଭିଯୋଗ କରିଛନ୍ତି । ସ୍ଥାନୀୟ ମହିଳା ମିନା କୁମାରୀ ସିଂ, ମୁସକୁନି ସଏ, ସରସ୍ୱତୀ ପିଙ୍ଗୁଆ, ସୁମିତ୍ରା ଗଇପାଇ, ସଙ୍ଗିତା ପିଙ୍ଗୁଆ, ଚାମାନୁ ଲାକ୍ରା, ଡାଳିମ୍ବ ଗାଗରାଇ, ରିଙ୍ଗି ହେମ୍ବ୍ରମ ପ୍ରମୁଖ ଲୁହ ଓ କୋହଭରା କଣ୍ଠରେ କହିଛନ୍ତି ଯେ ଦୀର୍ଘ ୬ ରୁ ୭ ମାସ ହେଲାଣି ଖଣିରେ ନିଯୁକ୍ତି ନପାଇ ଭୋକ ଉପାସରେ ଦିନ କାଟୁଛନ୍ତି । ସ୍ଥାନୀୟ କାସଭି ଖଣି କମ୍ପାନୀ ଶ୍ରମିକ ମାନଙ୍କୁ ପୁନଃ ନିଯୁକ୍ତି ଦେଉନଥିବାରୁ ବେରୋଜଗାର ନିରାଶ ହୋଇ ଘରେ ରହିଛନ୍ତି । ଖଣିରେ କାର୍ଯ୍ୟ କରି ଜିବୀକା ନିର୍ବାହ କରୁଥିବାରୁ ବର୍ତ୍ତମାନ କାର୍ଯ୍ୟହରା ହୋଇ ବିଭିନ୍ନ ସମସ୍ୟାର ସମ୍ମୁଖୀନ ହେଉଥିବା କହିଛନ୍ତି । ଗ୍ରାମର ନରେନ୍ଦ୍ର କୁମାର ପାତ୍ର ତାଙ୍କ ଅଭିଯୋଗରେ କହିଛନ୍ତି ଯେ, ସିଲଯୋଡା-କାଳିମାଟି ମାଙ୍ଗାନିଜ୍ ଆଇରନ୍ ମାଇନ୍ସ ଦୁଇଟି ଗ୍ରାମପଞ୍ଚାୟତ ନାମରେ ହୋଇଅଛି । ହେଲେ ଏହି ଦୁଇଟି ପଞ୍ଚାୟତ ବାସୀଙ୍କୁ କୌଣସି ସୁବିଧା ସୁଯୋଗ ମିଳିପାରୁନାହିଁ । ଆଦିବାସୀ କଲ୍ୟାଣ ସମିତିର ସଭାପତି ବିଦ୍ୟାସାଗର ରଣା, ସମ୍ପାଦକ ଭିମ ପିଙ୍ଗୁଆ କହିଛନ୍ତି ଯେ ଜିଲ୍ଲାପାଳ ଓ ଏସ୍‌ପିଙ୍କ ଠାରେ ଏ ସଂକ୍ରାନ୍ତରେ ଅଭିଯୋଗ କରାଯାଇଛି । ଜଙ୍ଗଲ ନେଲ, ଜମି ନେଲ, ପାଣି ନେଲ, ଆଦିବାସୀଙ୍କର ମୌଳିକ ସୁବିଧାରୁ କାସଭି ଖଣି କମ୍ପାନି ବଞ୍ଚିତ କଲ ଯଦି ଦମ୍ ନାହିଁ ତେବେ ସରକାରଙ୍କ ଠାରୁ ଖଣି ନେଲ କାହିଁକି ବୋଲି ଆଦିବାସୀ ନେତା ସେଲେଇ ତିରିଆ ପ୍ରକାଶ କରିଥିଲେ । ସେଠାରେ ଉପସ୍ଥିତ ଥିବା ଆଦିବାସୀ ଶ୍ରମିକ ନେତା ମାନେ କହିଥିଲେ ଯେ ଦାବି ପୂରଣ ନହେଲେ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ଧାରଣା ଜାରି ରହିବ ।

# ପାରାଦୀପ ବନ୍ଦର ପକ୍ଷରୁ ମିଳିତ ମେଗା ମକ୍ ଡ୍ରିଲ୍

ପାରାଦୀପ,(ପି.ଏନ): ପାରାଦୀପ ବନ୍ଦର ପ୍ରଶାସନ ପକ୍ଷରୁ ମଙ୍ଗଳବାର ଦିନ ମିଳିତ ମେଗା ମକ୍ ଡ୍ରିଲ୍ ଆୟୋଜିତ ହୋଇଯାଇଛି । ପାରାଦୀପ ବନ୍ଦର ସିଆଇଏସଏଫ୍ ପକ୍ଷରୁ ପାରାଦୀପ ମୁଖ୍ୟ ଅଗ୍ନି ନିର୍ବାପନ କେନ୍ଦ୍ରଠାରେ ଆୟୋଜିତ ମକ୍ ଡ୍ରିଲ୍‌ରେ ପାରାଦୀପ ବନ୍ଦର ସମେତ ଜିଲ୍ଲା ପ୍ରଶାସନ, ଏନଡିଆରଏଫ୍ ମୁଣ୍ଡୁଳିର ଅଧିକାରୀ ଓ କର୍ମଚାରୀମାନେ ସାମିଲ ହୋଇଥିଲେ । ଏହି ମକ୍ ଡ୍ରିଲ୍ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ପାରାଦୀପ ବନ୍ଦର ଅଧକ୍ଷ ପି.ଏଲ୍.ହରନାଦ, ସମ୍ମାନୀତ ଅତିଥି ଭାବେ ଉପାଧକ୍ଷ ନିଲଭ୍ର ଦାସଗୁପ୍ତା ଏହି ସାଇଟ୍ ଲେଭଲ-୩ରେ ଯୋଗ ଦେଇଥିଲେ । ମେରାଇନ୍ ସାଇଟ୍ ଅଫିସ୍‌ରେ ଏକ ଭଙ୍ଗା ଗୃହ ମଧ୍ୟରୁ ବାତ୍ୟାରେ ଫସି ରହିଥିବା ବ୍ୟକ୍ତିଙ୍କୁ କିପରି ଉଦ୍ଧାର କରାଯାଇ ପାରିବ ତାହାର ନମୁନା ପ୍ରଦର୍ଶିତ ହୋଇଥିଲା । ଏହା ପରେ ରୋଷେଇ ଗ୍ୟାସ ଦୁର୍ଘଟଣାରୁ କିପରି ପ୍ରଶମନ କରାଯାଇ ପାରିବ ସେ ସମ୍ପର୍କରେ ମକ୍ ଡ୍ରିଲ୍ ପ୍ରଦର୍ଶନ କରାଯାଇଥିଲା । ପାରାଦୀପ ବନ୍ଦର ସମେତ ସହଯୋଗୀ ସଂସ୍ଥାର ଅଗ୍ନି ନିର୍ବାପନ କେନ୍ଦ୍ରର କର୍ମଚାରୀମାନେ ଏହି ମକ୍ ଡ୍ରିଲ୍‌ରେ ସାମିଲ ହୋଇଥିଲେ । ଏନଡିଆରଏଫ୍ ୩ୟ ବାଟାଲିୟାନ ମୁଣ୍ଡୁଳିର ଆସିଷ୍ଟାଣ୍ଟ କମାଣ୍ଡର ଗୌରବ ଜଗନାନୀ ମଲ୍ ଡ୍ରିଲ୍ ସମ୍ପର୍କରେ ସବିଶେଷ ସୂଚନା ଦେଇଥିଲେ । ଶେଷରେ ବନ୍ଦର ଅଧକ୍ଷ ଶ୍ରୀ ହରନାଦ ସମସ୍ତ ସହଯୋଗୀ ସଂସ୍ଥାମାନଙ୍କୁ ଧନ୍ୟବାଦ ଜଣାଇଥିଲେ ।

# ଅଜଣା ଗାଡି ଧକ୍କାରେ ଜଣେ ମୃତ, ୨ ଗୁରୁତର

ହରିଚନ୍ଦନପୁର(ପିଏନ)- ହରିଚନ୍ଦନପୁର ଥାନା ଅନ୍ତର୍ଗତ ଖଡିବାହାଳି ଛକ ନିକଟରେ ଏକ ଅଜଣା ଗାଡି ଧକ୍କାରେ ଜଣେ ମୃତ ହୋଇଥିବା ବେଳେ ୨ଜଣ ଗୁରୁତର ଆହତ ହୋଇଛନ୍ତି ଏବଂ ଜଣେ ସାମାନ୍ୟ ଆହତ ହୋଇଛନ୍ତି । ମିଳିଥିବା ସୂଚନା ଅନୁଯାୟୀ ଯାଜପୁର ଜିଲ୍ଲା କାଳିଆପାଣି ଗ୍ରାମର ସୁଦର୍ଶନ ମହାକୁଡ(୩୮) ସ୍ତ୍ରୀ ଓ ୨ପିଲାଙ୍କ ସହ ମୟୁରଭଞ୍ଜ ଜିଲ୍ଲା ଶ୍ୱଶୁର ଘରକୁ ବୁଲିବାକୁ ଆସିଥିଲେ । ଆଜି ନିଜ ଗ୍ରାମ କାଳିଆପାଣିକୁ ଫେରୁଥିବା ବେଳେ ହରିଚନ୍ଦନପୁର ଥାନା ଖଡିବାହାଳି ଛକ ନିକଟରେ ଏକ ଅଜଣା ଗାଡି ତାଙ୍କୁ ଧକ୍କା ଦେଇଥିଲା । ଫଳରେ ସୁଦର୍ଶନ ମହାକୁଡଙ୍କ ଘଟଣାସ୍ଥଳରେ ହିଁ ମୃତ୍ୟୁ ଘଟିଥିଲା । ସ୍ତ୍ରୀ ରାଇମଣି ମହାକୁଡ (୩୬), ସାନପୁଅ ଚିନ୍ମୟ (୬) ଗୁରୁତର ଆହତ ହୋଇଥିବା ବେଳେ ବଡପୁଅ ରାହୁଲ (୮) ସାମାନ୍ୟ ଆହତ ହୋଇଥିବା ଜଣାପଡିଛି । ଆହତ ମାନଙ୍କୁ ଆମ୍ବୁଲାନ୍ସ ଯୋଗେ ହରିଚନ୍ଦନପୁର ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରାଯାଇଥିଲା

# ଦରଡିପାଳରେ ଶତାୟୁ ମହିଳାଙ୍କ ପରଲୋକ

ଘଷିପୁରା(ପିଏନ)- ଘଷିପୁରା ବ୍ଲକ ଦରଡିପାଳ ଗ୍ରାମରେ ସ୍ୱର୍ଗତ ନରସିହଂ ନାୟକଙ୍କ ଧର୍ମପତ୍ନୀ କ୍ଷେତ୍ରମଣୀ ନାୟକଙ୍କ ଆଜି ୧୦୫ ବର୍ଷ ବୟସରେ ପରଲୋକ ହୋଇଯାଇଛି । ତାଙ୍କର ମୃତ୍ୟୁ ଶଯ୍ୟା ନିକଟରେ ଦୁଇପୁଅ ଆନନ୍ଦ ଚନ୍ଦ୍ର ନାୟକ ଅବସରପ୍ରାପ୍ତ କୃଷି ପରିଦର୍ଶକ ଏବଂ ଦିବାକର ନାୟକ ଅବସରପ୍ରାପ୍ତ ବ୍ୟାଙ୍କ୍ ମ୍ୟାନେଜରଙ୍କ ସହିତ ସମସ୍ତ ନାତି ନାତୁଣୀ, ଅଣନାତି, ଅଣନାତୁଣୀ ଏବଂ ସାହିପଡିଶା ଉପସ୍ଥିତ ଥିବା ସହ ତାଙ୍କର ଶବ ସତ୍କାର କରାଯାଇଥିଲା । ବହୁ ମାନ୍ୟଗଣ୍ୟ ବ୍ୟକ୍ତି ତାଙ୍କର ଶେଷ ଦର୍ଶନ କରିଥିଲେ ।

# ମଧୁଶାସନ ଗ୍ରାମର ଶ୍ରୀଦଧିବାବନଜୀଉଙ୍କ ସ୍ଥାବର,ଅସ୍ଥାବର ସମ୍ପତ୍ତି ହଡପ ଓ ଅର୍ଥ ଆତ୍ମସାତ ଅଭିଯୋଗ

କେନ୍ଦ୍ରାପଡା, (ପିଏନ)- ଜିଲ୍ଲାର ପାଟକୁରା ଥାନା ଅନ୍ତର୍ଗତ ମଧୁଶାସନ ଗ୍ରାମର ଅଧିଷ୍ଠାତା ଶ୍ରୀ ଦଧିବାବନଜୀଉଙ୍କ ସ୍ଥାବର ଓ ଅସ୍ଥାବର ସମ୍ପତ୍ତି ହଡପ କରାଯିବା ସହ ଅର୍ଥ ଆତ୍ମସାତ କରାଯାଇଥିବା ମଧୁଶାସନ ଗ୍ରାମପଂଚାୟତର ଅଧିବାସୀମାନେ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି । ଅଭିଯୋଗରୁ ପ୍ରକାଶ ଯେ ମଧୁଶାସନ ଗ୍ରାମର ଦୁର୍ଗା ପ୍ରସାଦ ଦାସ ନାମକ ଜନୈକ ବ୍ୟକ୍ତି ଚଂଚକତା କରି ଦେବୋତ୍ତର ବିଭାଗର କେତେକ ଅସାଧୁ କର୍ମଚାରୀଙ୍କୁ ହାତକରି ମଧୁଶାସନ ଗ୍ରାମର ଆରାଧ୍ୟ ଦେବତା ଶ୍ରୀ ଦଧିବାବନଜୀଉଙ୍କ ମନ୍ଦିର ପରିଚାଳନା ପାଇଁ ଏକ ଟ୍ରଷ୍ଟବୋର୍ଡ ଗଠନ କରି ନିଜେ ସେହି ବୋର୍ଡର ସଭାପତି ଭାବେ ପ୍ରାୟ ବର୍ଷକରୁ ଉର୍ଦ୍ଧ୍ୱ ହେବ ରହିଛନ୍ତି । ସେ ଶ୍ରୀଜୀଉଙ୍କ ସ୍ଥାବର ଓ ଅସ୍ଥାବର ସମ୍ପତ୍ତିକୁ ନିଜେ ଓ ନିଜର କିଛି ଅନ୍ଧ ସମର୍ଥକଙ୍କ ସହାୟତାରେ ହଡପ କରିବା ସହିତ ଶ୍ରୀଜୀଉଙ୍କ ଅର୍ଥ ଆତ୍ମସାତ କରୁଥିବା ଅଭିଯୋଗ ହୋଇଛି । ଶ୍ରୀଜୀଉଙ୍କ ପାଇଁ ବିଭିନ୍ନ ସମୟରେ ଦାତାମାନେ ଦାନ କରୁଥିବା ଅର୍ଥକୁ ମଧ୍ୟ ଆତ୍ମସାତ କରାଯାଉଥିବା ଅଭିଯୋଗ ହୋଇଛି । ଏପରିକି ଶ୍ରୀଜୀଉଙ୍କ ନାମରେ ଥିବା ସମ୍ପତ୍ତି ମଧୁଶାସନ ମୌଜାର ଖାତା ନମ୍ବର - ୪୨୨,ପ୍ଲଟ ନମ୍ବର ୩୫୮୩ ଉପରେ ଥିବା ମୂଲ୍ୟବାନ ଶାଗୁଆନ ଗଛ ୩ଟିକୁ ରାତାରାତି କାଟି ବିକ୍ରୀ କରିବା ସହ ଖାତା ନମ୍ବର ୧୨୯୯,ପ୍ଲଟ ନମ୍ବର ୫୩୧୫ ଓ ୫୩୧୬/୫୫୯୨ ଉପରୁ ବହୁ ଦିନର ମୂଲ୍ୟବାନ ୧୦ଟି ତାଳଗଛକୁ କାଟି ବିକ୍ରୀ କରିଦେଇଥିବା ଅଭିଯୋଗ ହୋଇଛି । ସେହି ଗଛ ସବୁର ମୂଲ୍ୟ ଆନୁମାନିକ ପ୍ରାୟ ଏକଲକ୍ଷ ଟଙ୍କାରୁ ଉର୍ଦ୍ଧ୍ୱ ହେବ । ଅଭିଯୋଗକାରୀମାନେ ଏସମ୍ପର୍କରେ ଟ୍ରଷ୍ଟର ସଭାପତି ଶ୍ରୀ ଦାସଙ୍କୁ ପଚାରିବାରେ ଶ୍ରୀ ଦାସ ସେମାନଙ୍କୁ ଗୁଣ୍ଡା ଲଗାଇ ଧମକଚମକ ଦେବା ସହ ଜୀବନରୁ ମାରିଦେବାକୁ ଧମକପୂର୍ଣ୍ଣ ବାଣୀ ଶୁଣାଇଥିବା ଅଭିଯୋଗ ହୋଇଛି । ଏଥିସହିତ କେତେକ ଉଚ୍ଚପଦସ୍ଥ ସରକାରୀ ଅଧିକାରୀଙ୍କୁ ମିଛ କହି ଅଭିଯୋଗକାରୀମାନଙ୍କ ନାମରେ ଥାନାରେ ମିଥ୍ୟା ମାମଲା କରିବା ସହ ବିଭିନ୍ନ ମିଥ୍ୟା କେଶକରି ନାନା ପ୍ରକାର ଅସୁବିଧାରେ ପକାଉଥିବା ମଧ୍ୟ ଅଭିଯୋଗ ହୋଇଛି । ସେହି ଟ୍ରଷ୍ଟବୋର୍ଡରେ ଗରଦପୁର ତହସିଲଦାର ଓ ପାଟକୁରା ଥାନାର ଭାରପ୍ରାପ୍ତ ଇନିସପେକ୍ଟରଙ୍କୁ ସଦସ୍ୟ ଭାବରେ ରଖାଯାଇଥିବା ବେଳେ ଅଭିଯୋଗକାରୀଙ୍କ ପରିବାରର ୨/୩ଜଣଙ୍କ ନାମରେ ମିଥ୍ୟା ମାମଲା କରାଯାଉଥିବା ସହ ସେହି ପରିବାରର ମହିଳାମାନଙ୍କ ପ୍ରତି ଅସଦାଚରଣ କରିବାକୁ ମଧ୍ୟ ଟ୍ରଷ୍ଟର ସଭାପତି ପଛାଉନଥିବା ଅଭିଯୋଗ ହୋଇଛି । ସଂପୃକ୍ତ ସଭାପତି ଭୁବନେଶ୍ୱରରେ ରହୁଥିବା ବେଳେ ଗ୍ରାମର ଅଧିକାଂଶ ଲୋକଙ୍କୁ ବିଭିନ୍ନ ମାଲିମକଦ୍ଦମାରେ ଛନ୍ଦି ହଇରାଣ କରିବା ସହ ଶ୍ରୀଜୀଉଙ୍କ ସମ୍ପତ୍ତି କୁ ହଡପ କରିବା ଓ ଅର୍ଥକୁ ଆତ୍ମସାତ କରୁଥିବା ଯୋଗୁଁ ଶ୍ରୀଜୀଉଙ୍କ ଦୈନନ୍ଦିନ ନୀତିକାନ୍ତିରେ ଘୋର ବାଧା ସୃଷ୍ଟି ହେଉଥିବା ଅଭିଯୋଗ ହୋଇଛି । ଏସମ୍ପର୍କରେ ବିଧିବଦ୍ଧ ତଦନ୍ତ କରାଯାଇ ଦୋଷୀ ବିରୋଧରେ ଦୃଢ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବାକୁ ଅସିତ କୁମାର ମହାନ୍ତି, ତାରକେଶ୍ୱର ତ୍ରିପାଠୀ,ପ୍ରମୋଦ କୁମାର ସାହୁ,ଚିତରଞ୍ଜନ ବାରିକ,ନିରଞ୍ଜନ ପଣ୍ଡା,ଭବାନିଶ ପଣ୍ଡା ପ୍ରମୁଖ ଅଭିଯୋଗକାରୀମାନେ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି ।

# ଯୋଡା ପୌରାଞ୍ଚଳରେ ସେପ୍ଟେଜ ବିଶୋଧନାଗାରର ଭିତ୍ତିପ୍ରସ୍ତର ସ୍ଥାପନ




ଯୋଡା(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ପୌରାଞ୍ଚଳର ୬ନଂ ୱାର୍ଡ ବାଚୁହାଟିଂ ଠାରେ ପୌରପାଳିକା ପକ୍ଷରୁ ୨୦କେଏଲଡି କ୍ଷମତା ବିଶିଷ୍ଟ ଏକ ସେପ୍ଟେଜ ଟ୍ରିଟମେଣ୍ଟ ପ୍ଲାଣ୍ଟର ଶୁଭ ଭିତ୍ତିପ୍ରସ୍ତର ସ୍ଥାପନ କରାଯାଇଛି । ଏହି ଟ୍ରିଟମେଣ୍ଟ ପ୍ଲାଣ୍ଟ ଯୋଡା ସହରର ସମସ୍ତ ଘରର ସେପ୍ଟି ଟ୍ୟାଙ୍କରୁ ନିଷ୍କାସିତ ମଇଳାକୁ ବିଶୋଧନ କରାଯାଇ ସ୍ୱଚ୍ଛ ଓ ସୁନ୍ଦର ପରିବେଶ ସୃଷ୍ଟି କରିବା ନିମନ୍ତେ ପୌରପାଳିକା ପକ୍ଷରୁ ଏହା କରାଯାଇଛି । ରାଜ୍ୟ ସରକାରଙ୍କ ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗ,ରାଜ୍ୟ ଜଳଯୋଗାଣ ବିଭାଗ ଏବଂ ସ୍ୱରେଜ ବୋର୍ଡ ଆନୁକୂଲ୍ୟରେ ଓଡିଶା କନଷ୍ଟ୍ରକସନ କମ୍ପାନୀ (ଓସିସି)କୁ ଟେଣ୍ଡର ମାଧ୍ୟମରେ ୨ କୋଟି ୬୪ ଲକ୍ଷ ୧୭ ହଜାର ଟଙ୍କା ବ୍ୟୟ ଅଟକଳରେ ୧୧ ମାସ ମଧ୍ୟରେ ସମ୍ପୂର୍ଣ୍ଣ କରିବା ପାଇଁ କାର୍ଯ୍ୟାଦେଶ ଦିଆଯାଇଛି । ଏହି ଭିତ୍ତିପ୍ରସ୍ତର ସ୍ଥାପନ ଉତ୍ସବରେ ମୁଖ୍ୟଅତିଥି ଭାବେ ନଗର ଉନ୍ନୟନ ବିଭାଗର ପ୍ରକଳ୍ପ ନିର୍ଦ୍ଦେଶକ ଘାସିରାମ ମୁର୍ମୁ ଯୋଗଦେଇ ଭିତ୍ତିପ୍ରସ୍ତର ସ୍ଥାପନ କରିଥିଲେ । ଏହି ପ୍ରକଳ୍ପ ହେବା ଦ୍ୱାରା ପୌରାଞ୍ଚଳର ସମସ୍ତ ୱାର୍ଡରେ ସେପ୍ଟି ଟାଙ୍କିର ମଇଳା ବିଶୋଧନ ହେବା ସହିତ ମାନ୍ୟବର ସର୍ବୋଚ୍ଚ ଅଦାଲତ ଓ ଜାତୀୟ ସବୁଜ ଟ୍ରିବ୍ୟୁନାଲଙ୍କ ଆଦେଶ ପାଳନ ହୋଇପାରିବ ବୋଲି ଯୋଡା ପୌରପାଳିକା କାର୍ଯ୍ୟ ନିର୍ବାହୀ ଅଧିକାରୀ ସୂର୍ଯ୍ୟମଣୀ ପାଟଯୋଶୀ ପ୍ରକାଶ କରିଥିଲେ । ଏହି ଭିତ୍ତିପ୍ରସ୍ତର ସ୍ଥାପନ ଉତ୍ସବରେ ଯୋଡା ପୌରପାଳିକାର ସମସ୍ତ ଅଧିକାରୀ,କର୍ମଚାରୀ,ସ୍ୱଚ୍ଛସାଥୀ ପ୍ରମୁଖ ଉପସ୍ଥିତ ଥିଲେ ।

# ଭୂମିହୀନଙ୍କୁ ଜାଗା ପ୍ରମାଣ ପତ୍ର ପ୍ରଦାନ



ଯୋଡା,(ପିଏନ)- କେନ୍ଦୁଝର ଜିଲ୍ଲା ଯୋଡା ପୌରପାଳିକାରେ ଜାଗାମିଶନ ଯୋଜନାରେ ଏକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ମଙ୍ଗଳବାର ପୂର୍ବାହ୍ନରେ ଓଡିଶା ସରକାରଙ୍କ ଜାଗା ମିଶନ୍ ଯୋଜନା ଶ୍ରେଣୀରେ ଅନ୍ତର୍ଭୁକ୍ତ ହିତାଧିକାରୀ ମାନଙ୍କୁ ଏହି ଅବସରରେ ଜମି ପ୍ରମାଣପତ୍ର ପ୍ରଦାନ କରାଯାଇଛି । ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଚମ୍ପୁଆ ବିଧାୟିକା ମୀନାକ୍ଷୀ ମହାନ୍ତ ଯୋଗ ଦେଇଥିବା ବେଳେ ପୌରପାଳିକା କାର୍ଯ୍ୟନିର୍ବାହୀ ଅଧିକାରୀ ସୂର୍ଯ୍ୟମଣୀ ପାଟଯୋଶୀ, ଯୋଡା ବିକାଶ ପରିଷଦର ସଭାପତି ନିରଞ୍ଜନ ବହିଦାର, ପୂର୍ବତନ ଉପ-ନଗରପାଳ ସୁରେନ୍ଦ୍ରନାଥ ଜେନା ଉକ୍ତ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ । ଯୋଡା ପୌରପାଳିକାର ୧୪ଟି ୱାର୍ଡରେ ସମୁଦାୟ ୬୨୧୬ ଜଣ ଯୋଗ୍ୟ ହିତାଧିକାରୀଙ୍କୁ ଏହି ଯୋଜନାରେ ଅନ୍ତର୍ଭୁକ୍ତ କରାଯାଇଛି । ମଙ୍ଗଳବାର ଦିନ ତନ୍ମଧ୍ୟରୁ ବନେଇକଳା ଠାରେ ୧୭୫ ଜଣଙ୍କୁ ଭୂମିହୀନଙ୍କୁ ଜାଗା ପ୍ରମାଣପତ୍ର ପ୍ରଦାନ କରାଯାଇଥିବା ନିର୍ବାହୀ ଅଧିକାରୀ ଶ୍ରୀ ପାଟଯୋଶୀ ସୂଚନା ଦେଇଛନ୍ତି । ଏହି ଜମି ଗୁଡିକ ୩୨୩ ବର୍ଗ'ଫୁଟରୁ ସର୍ବାଧିକ ୪୮୦ ବର୍ଗଫୁଟ ମଧ୍ୟରେ ଯୋଗାଇ ଦିଆଯିବ । ପରେ ଜାଗା ପ୍ରମାଣ ପତ୍ର ଦେବା ପରେ ଭୂମି ଅଧିକାର ପତ୍ର ଓ ୨ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ସୁଧମୁକ୍ତ ଋଣ ଯୋଗାଇ ଦେବାର ସରକାରୀ ଯୋଜନା ରହିଥିବା ନିର୍ବାହୀ ଅଧିକାରୀ ପ୍ରକାଶ କରିଥିଲେ ।

# ଡମ୍ପର ମାଲିକଙ୍କ ଧାରଣା ପଞ୍ଚମ ଦିନରେ : ଉପଯୁକ୍ତ ସମାଧାନ ନକରିଲେ ଆଗାମୀ ଦିନରେ ବିକଳ୍ପ ପନ୍ଥାର ଚେତାବନୀ

ଯୋଡା,(ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ଖଣିମଣ୍ଡଳ ଅଧୀନ ହେଁସାବେଡା ସ୍ଥିତ କାସଭି ଇଣ୍ଟରନେସନାଲ ପ୍ରାଇଭେଟ ଲିମିଟେଡ ଖଣି କମ୍ପାନୀ ଟ୍ରକ ମାଲିକ ସଂଘର ଦାବିକୁ ଉପେକ୍ଷା କରି ନିଜର ଖଣିକାର୍ଯ୍ୟ ଜାରି ରଖିଛି । ଖଣି ଲିଜ୍ ପରିସରରେ କାର୍ଯ୍ୟହରା ଡମ୍ପର ମାଲିକ ମାନେ ଖଣିର ପରିବହନ କାର୍ଯ୍ୟରେ ଡମ୍ପର ନିୟୋଜିତ କରିବା ଦାବିରେ ଦୀର୍ଘ ୫ ଦିନ ଧରି ଧାରଣାରେ ବସିଥିଲେ ହେଁ ଖଣି କର୍ତ୍ତୃପକ୍ଷନଦେଖିଲା ଭଳି ଉପେକ୍ଷା କରିଚାଲିଛି । ନୂତନ ଲିଜ ପାଇଥିବା କାସଭି ଇଣ୍ଟରନେସନାଲ ପ୍ରାଇଭେଟ ଲିମିଟେଡ ନିଜର ଖଣିଜ ପରିବହନ ପାଇଁ ବାହାର ଅଞ୍ଚଳର ଭାରୀଯାନ ଆଣି ପରିବହନ କରୁଥିବା ବେଳେ ସ୍ଥାନୀୟ ସଂଘର ଡମ୍ପରକୁ ପରିବହନ କାର୍ଯ୍ୟ ଦେଉନାହିଁ । ଏନେଇ ସଂଘ ପକ୍ଷରୁ ଖଣି କର୍ତ୍ତୃପକ୍ଷଙ୍କୁ ବାରମ୍ବାର ଲିଖିତ ଭାବରେ ଦୃଷ୍ଟି ଆକର୍ଷଣ କରି କୌଣସି ସୁଫଳ ନପାଇବାରୁ ଗତ ୫ ତାରିଖରୁ ଧାରଣା ଆରମ୍ଭ କରିଥିଲେ । ଦୀର୍ଘ ୨୫ ବର୍ଷରୁ ଉର୍ଦ୍ଧ୍ୱ ହେବ ଏହି ସଂଘ ସ୍ଥାନୀୟ ଖଣି ପ୍ରଭାବିତ ଅଞ୍ଚଳର ଡମ୍ପର ମାଲିକ ମାନଙ୍କୁ ନେଇ କାର୍ଯ୍ୟ କରି ଆସୁଅଛି



। ପୂର୍ବରୁ କାର୍ଯ୍ୟ କରୁଥିବା ଖଣି ଲିଜଧାରୀ ମାନେ ନିଜର ପରିବହନ କାର୍ଯ୍ୟ ପାଇଁ ସଂଘରୁ ଡମ୍ପର ନେଇ ପରିବହନ କରୁଥିଲେ । ଯାହାଫଳରେ ପରୋକ୍ଷ ଏବଂ ପ୍ରତ୍ୟେକ୍ଷ ଭାବରେ ହଜାର ହଜାର ଲୋକ ଜିବୀକା ନିର୍ବାହ କରି ପାରୁଥିଲେ । ଉକ୍ତ ଖଣିର ପୂର୍ବ ଲିଜଧାରୀ ପଟ୍ଟନାୟକ ମିନେରାଲସ ପ୍ରାଇଭେଟ ଲିମିଟେଡ ଖଣିଜ ପରିବହନରେ ସ୍ଥାନୀୟ ସଂଘର ଡମ୍ପରକୁ ପରିବହନରେ ନିୟୋଜିତ କରୁଥିଲେ । ମାତ୍ର ବର୍ତ୍ତମାନ ନୂତନଲିଜଧାରୀ କାସଭି ଖଣି ସଂଘକୁ ହେୟଜ୍ଞାନ କରି ବାହାର ଅଞ୍ଚଳର ଶତାଧିକ ଭାରୀଯାନ ଆଣି ପରିବହନ କାର୍ଯ୍ୟ କରୁଛି । ଯାହାଫଳରେ ଅଞ୍ଚଳର ଖଣି ପ୍ରଭାବିତ ଗାଡି ମାଲିକ ମାନେ ଜିବୀକା ହରାଇ ହତାଶ ହୋଇପଡିଛନ୍ତି ବୋଲି ମାଇନିଂ ଏରିଆ ଟ୍ରକ ଓନର ଆସୋସିଏସନର ସଭାପତି ଚତୁର୍ଭୁଜ ପଲେଇ ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି । ବାରମ୍ବାର ଖଣି କର୍ତ୍ତୃପକ୍ଷଙ୍କୁ ଜଣାଇବା ସତ୍ତ୍ୱେ ମଧ୍ୟ କେହି କର୍ଣ୍ଣପାତ କରୁନାହାଁନ୍ତି । ଡମ୍ପର ମାଲିକ ମାନେ କାର୍ଯ୍ୟ ନପାଇ ବସି ରହିଛନ୍ତି । ସେମାନଙ୍କର ପରିବାର ପ୍ରତିପୋଷଣ କରିବା ମଧ୍ୟ କଷ୍ଟସାଧ୍ୟ ହେଲାଣି । କରୋନା ମହାମାରୀ ପରିସ୍ଥିତିରେ କୌଣସି କାର୍ଯ୍ୟ ନପାଇ ଡମ୍ପରରେ କାର୍ଯ୍ୟ କରୁଥିବା ଡ୍ରାଇଭର,ହେଲପର ଓ ସେମାନଙ୍କର ପରିବାର ବର୍ତ୍ତମାନ ଆର୍ଥିକ ସଂକଟରେ ଶିକାର ହେଲେଣି । ପରିବହନ କାର୍ଯ୍ୟ ହେତୁ ଅଞ୍ଚଳରେ ପ୍ରତ୍ୟେକ୍ଷ ଏବଂ ପରୋକ୍ଷରେ ନିର୍ଭରଶୀଳ ଥିବା ପ୍ରାୟ ଶତକଡା ୮୦ ପ୍ରତିଶତ ଲୋକ ପ୍ରଭାବିତ ହେଲେଣି । କୋଭିଡ-୧୯ ଗାଇଡ ଲାଇନ ରହିଥିବା ସତ୍ତ୍ୱେ ମଧ୍ୟ ଗାଡି ମାଲିକମାନେ ଏହି ନିୟମକୁ ପାଳନ କରି ଧାରଣାରେ ବସିଛନ୍ତି । ହେଲେ ଖଣି କର୍ତ୍ତୃପକ୍ଷ ୫ଦିନ ବିତିଯାଇଥିଲେ ହେଁ ଦାବି ପୂରଣ ନେଇ କୌଣସି ଆଲୋଚନା କରିବାକୁ ଆସିନଥିବା ବୋଲି ମାଟୋଆ ସମ୍ପାଦକ ସତ୍ୟପ୍ରିୟ ବାରିକ ତାଙ୍କ ପ୍ରତିକ୍ରିୟାରେ ପ୍ରକାଶ କରିଛନ୍ତି । ଯଦି ଖଣି କର୍ତ୍ତୃପକ୍ଷ ଏହାର ଉପଯୁକ୍ତ ସମାଧାନ ନକରନ୍ତି ତାହା ହେଲେ ଆଗାମୀ ଦିନରେ ବିକଳ୍ପପନ୍ଥା ଗ୍ରହଣ କରିବାକୁ ବଧ୍ୟ ହେବୁ ବୋଲି ପ୍ରେସ ବିବୃତ୍ତିରେ ଜଣାଇଛନ୍ତି । ତେଣେ କାସଭି ଖଣିର ଜନୈକ ବରିଷ୍ଠ ଅଧିକାରୀ ତାଙ୍କ ପ୍ରତିକ୍ରିୟାରେ କହିଛନ୍ତି ଯେ କାସଭି ଖଣି ନିକଟସ୍ଥ ଜୁରୁଡି ଠାରେ ଥିବା ଜୁରୁଡି ଟ୍ରକ ମାଲିକ ମାନଙ୍କ ସହ ସେମାନେ ଆଲୋଚନା କରି ହାଇୱା ଟ୍ରକ ମାଧ୍ୟମରେ ଖଣିଜ ପରିବହନ କାର୍ଯ୍ୟ କରୁଛନ୍ତି । ଏନେଇ ଯୋଡା ଠାରେ ଥିବା ମାଇନିଂ ଏରିଆ ଟ୍ରକ ଓନର ଆସୋସିଏସନ ସହ କୌଣସି ଆଲୋଚନା କରିବା ଆବଶ୍ୟକତା ନାହିଁ ବୋଲି ସେ କହିଥିଲେ ।




# ଉତ୍ତମ ଶିଶୁର ଶାରୀରିକ ଗଠନରେ କୃମିନାଶକ ଚିକିତ୍ସା

ଏକ ସୁସ୍ଥ ଓ ସୁନ୍ଦର ଶିଶୁଟିର ଶାରୀରିକ ଗଢ଼ଣରେ ତାର ଖାଦ୍ୟ ହଜମ ଓ ପାକକ୍ରିୟାଜନିତ ସୁବିଧା ରହିବା ଅତ୍ୟନ୍ତ ପ୍ରୟୋଜନୀୟ। ଅନେକ ପିଲା ରହିଯାଇଥାନ୍ତି ଯେଉଁମାନଙ୍କ ଶରୀରରେ ଥିବା କୃମି ସେମାନଙ୍କ ଶରୀରର ବିକାଶ ଓ ପୋଷଣରେ ପ୍ରତିବନ୍ଧକ ସାଜିଥାଏ। ସାଧାରଣତଃ ଶିଶୁରୋଗ ବିଶେଷଜ୍ଞମାନେ ଉତ୍ତମ ଶିଶୁର ସ୍ୱାସ୍ଥ୍ୟ ପରୀକ୍ଷା ବେଳେ ଏ ଦିଗଟିକୁ ତାର ଅଭିଭାବକମାନଙ୍କ ଠାରୁ ପଚାରି ବୁଝିଥାନ୍ତି। ତେବେ ବଡ଼ ଖୁସିର କଥା ଓଡ଼ିଶା ସରକାର ରାଜ୍ୟରେ ଜାତୀୟ କୃମି ନାଶକ ଦିବସ ପାଳନ କରିବା ସହ ଏହାକୁ ସାର୍ବଜନୀନ ଭାବେ ବ୍ୟାପକ ଓ ସବୁ ପିଲାଙ୍କ ପାଖରେ କିପରି ଉପଲବ୍ଧ ହେବ ଏହାର ସୁବନ୍ଦୋବସ୍ତ କରୁଛନ୍ତି। ରାଜ୍ୟ ସରକାରଙ୍କ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗର ଯୋଜନା ପ୍ରକଳ୍ପ ଅନୁଯାୟୀ ରାଜ୍ୟର ୧ବର୍ଷରୁ ୧୯ବର୍ଷ ପର୍ଯ୍ୟନ୍ତ ୧କୋଟି ୪୨ଲକ୍ଷ ୩୩ହଜାର ୨୭୩ଜଣ ପିଲାଙ୍କୁ କୃମିନାଶକ ଔଷଧ ଖାଇବାକୁ ଦିଆଯିବର ବ୍ୟବସ୍ଥା ରହିଛି। ଶିଶୁମାନଙ୍କ ଉତ୍ତମ ସ୍ୱାସ୍ଥ୍ୟ, ପୁଷ୍ଟିସାଧନ, ଶିକ୍ଷାପ୍ରତି ଆଗ୍ରହ ଏବଂ ସୁସ୍ଥ ଜୀବନ ଯାପନ ନିମନ୍ତେ ଏହା ଜରୁରୀ। ସେଥିପାଇଁ ସମସ୍ତ ଶିକ୍ଷାନୁଷ୍ଠାନ, ଅଙ୍ଗନୱାଡ଼ି କେନ୍ଦ୍ର ଏବଂ ଦୁର୍ଗମ ତଥା ଅପହଞ୍ଚ ଅଞ୍ଚଳମାନଙ୍କରେ ଏହି ଔଷଧ କେନ୍ଦ୍ର ଏବଂ ଦୁର୍ଗମ ତଥା ଅପହଞ୍ଚ ଅଞ୍ଚଳମାନଙ୍କରେ ଏହି ଔଷଧ ବଣ୍ଟନ ଉପରେ ବିଶେଷ ଗୁରୁତ୍ୱ ଆରୋପ କରାଯାଇଛି। ପ୍ରକାଶ ଥାଉକି ଚଳିତ ବର୍ଷ ଏପ୍ରିଲ ମାସରେ କୃମି ନାଶକ ଯୋଜନାରେ ୯୪ଲକ୍ଷ ୧ହଜାର ୪୦୮ଜଣ ପିଲାଙ୍କୁ ଔଷଧ ଖୁଆଯାଇଥିଲା, ଯାହାକି ଧାର୍ଯ୍ୟ ଲକ୍ଷ୍ୟର ୯୨.୫ ପ୍ରତିଶତ। ଏହି ସମୟରେ ମୋଟ ୨୪ଟି ଜିଲ୍ଲା ମଧ୍ୟରୁ ମାଲକାନାଗିରି ଜିଲ୍ଲାରେ ସର୍ବାଧିକ ୯୬.୯୮ ପ୍ରତିଶତ ଶିଶୁଙ୍କୁ କୃମିନାଶକ ଔଷଧ ଦିଆଯାଇଥିବାବେଳେ ପୁରୀ ଜିଲ୍ଲାରେ ସର୍ବନିମ୍ନ ୮୩.୫ ପ୍ରତିଶତ ପିଲା ଏହି ଔଷଧ ଖାଇଥିଲେ। ଆସନ୍ତା ମାସ ୨୬ ତାରିଖରେ କୃମିନାଶକ ଦିବସ ଅବସରରେ ୨୭ଟି ଜିଲ୍ଲାର ୧ରୁ ୧୯ ବର୍ଷ ବୟସ୍କ ପିଲାଙ୍କୁ ଏଥିରେ ସାମିଲ କରାଯିବ। ଏଥିରେ ଅଙ୍ଗନୱାଡ଼ି କେନ୍ଦ୍ର, ସରକାରୀ ଓ ଘରୋଇ ସ୍କୁଲ ସମେତ ଡିପ୍ଲୋମା ଏବଂ ଧନ୍ଦାମୂଳକ ତାଲିମ କେନ୍ଦ୍ରର ଛାତ୍ରଛାତ୍ରୀମାନଙ୍କୁ ସାମିଲ କରାଯିବ। ସେହିଦିନ ୩୦ଟି ଜିଲ୍ଲାର ୯ ମାସରୁ ୫ ବର୍ଷ ବୟସର ୪୩ ଲକ୍ଷ ୬୨ ହଜାର ୯୫୩ ଜଣ ଶିଶୁଙ୍କୁ ଭିଟାମିନ 'ଏ' ଖାଇବାକୁ ଦିଆଯିବ। ଏହି କାର୍ଯ୍ୟକ୍ରମ ପାଇଁ ଏଏନ୍‌ଏମ୍, ଅଙ୍ଗନୱାଡ଼ି ଓ ଆଶାକର୍ମୀ, ନୋଡାଲ ଶିକ୍ଷକ ଓ ପଦାଧିକାରୀଙ୍କୁ ତାଲିମ ପ୍ରଦାନ କରାଯିବାର ବ୍ୟବସ୍ଥା ରହିଛି। ରାଜ୍ୟର ଲୋକପ୍ରିୟ ସରକାର କାର୍ଯ୍ୟକ୍ରମର ସଫଳତା ଓ ଲୋକଙ୍କୁ ସଚେତନ ପାଇଁ ବିଭିନ୍ନ ପଦକ୍ଷେପ ନେବାର ଆନୁସଙ୍ଗିକ ବ୍ୟବସ୍ଥା କରିଛନ୍ତି। ଏ କ୍ଷେତ୍ରରେ ସରକାରଙ୍କ ସ୍ୱାସ୍ଥ୍ୟ ପରିବାର କଲ୍ୟାଣ ବିଭାଗ, ସମନ୍ୱିତ ଶିଶୁବିକାଶ, ସମାଜ କଲ୍ୟାଣ ବିଭାଗ, ପରିବାର କଲ୍ୟାଣ ବିଭାଗ, ସ୍କୁଲ ଓ ଗଣଶିକ୍ଷା ବିଭାଗ, ଓପେପା, ମହିଳା ବିକାଶ ସହ ଆନ୍ତର୍ଜାତିକ ସ୍ତରର ୟୁନିସେଫର ସହଯୋଗୀତା ମଧ୍ୟ ରହୁଛି। ସମଗ୍ର ଭାରତରେ ଓଡ଼ିଶା ଏକ ଅଗ୍ରଣୀ ଓ ଆଦର୍ଶଣୀୟ ରାଜ୍ୟ ଯେଉଁଠାରେ ସରକାର ରାଜ୍ୟର ସମସ୍ତ ଶିଶୁମାନଙ୍କ ଉତ୍ତମ ସ୍ୱାସ୍ଥ୍ୟ, ନିୟମିତ ମାଗଣା ସ୍ୱାସ୍ଥ୍ୟ ଓ ନିଦାନ ପରୀକ୍ଷା, ପରାମର୍ଶ ସହ ଶିଶୁ ରୋଗ ବିଶେଷଜ୍ଞଙ୍କ ପରାମର୍ଶ ନେଇ ଶିଶୁ ବିକାଶ କାର୍ଯ୍ୟକ୍ରମର ବ୍ୟାପକ ଜନାଭିମୁଖୀ ଅନେକ ଯୋଜନା ହାତକୁ ନେଉଛନ୍ତି। କେବଳ ସେତିକି ନୁହେଁ ପିଲାଟି ମାଆ ଗର୍ଭରେ ଥିବା ସମୟରୁ ସରକାରଙ୍କ ମହିଳା ଓ ଶିଶୁ କଲ୍ୟାଣ ବିଭାଗ ସେମାନଙ୍କ ନିୟମିତ ଓ ସ୍ୱାସ୍ଥ୍ୟ ପରୀକ୍ଷା ସହ, ସ୍ୱାସ୍ଥ୍ୟବର୍ଦ୍ଧକ ଛତୁଆ, ଭିଟାମିନ୍ ଟନିକ୍ ଓ ଅନ୍ୟାନ୍ୟ ଆନୁସଙ୍ଗିକ ଚିକିତ୍ସା ବ୍ୟବସ୍ଥାର ସୁଯୋଗ ରଖିଛନ୍ତି। ସମଗ୍ର ରାଜ୍ୟର ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରଠାରୁ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର, ଜିଲ୍ଲା ସଦର ମହକୁମାଠାରୁ ରାଜ୍ୟର ତିନୋଟି ବଡ଼ ମେଡ଼ିକାଲ, ସିଟି ହସ୍ପିଟାଲ, ସର୍ବୋପରି ଶିଶୁଭବନରେ ପିଲାମାନଙ୍କ ସମସ୍ତ ପ୍ରକାର ସ୍ୱାସ୍ଥ୍ୟ ସମ୍ବନ୍ଧୀୟ ପରୀକ୍ଷା ଓ ଔଷଧପତ୍ର ମାଗଣାରେ ଯୋଗାଇବାର ବନ୍ଦୋବସ୍ତ କରିଛନ୍ତି। କୁହାଯାଏ ଏକ ଉତ୍ତମ ରାଷ୍ଟ୍ର ଓ ଗୁରୁତ୍ୱପୂର୍ଣ୍ଣ ସମାଜ ଗଠନରେ ଆଗାମୀ ଭବିଷ୍ୟତ କୁହାଯାଉଥିବା ଆଜିର ଶିଶୁମାନଙ୍କ ସ୍ୱାସ୍ଥ୍ୟଗତ ଦିଗକୁ ଗୁରୁତ୍ୱ ଦେବା ଅପରିହାର୍ଯ୍ୟ। ତେବେ କେବଳ ସରକାରଙ୍କ ଉପରେ ସମସ୍ତ ଦାୟିତ୍ୱ ନିର୍ଭର କଲେ ଚଳିବ ନାହିଁ, ବ୍ୟାପକ ସଚେତନତାର ବାର୍ତ୍ତା ନେଇ ପିଲାମାନଙ୍କର ବାପା-ମାଆ, ଅଭିଭାବକ ଓ ସେ ପାଠପଢୁଥିବା ବିଦ୍ୟାଳୟର ଶିକ୍ଷକ-ଶିକ୍ଷୟତ୍ରୀଙ୍କ ପ୍ରେରଣାଦାୟକ ସହଯୋଗ ଜରୁରୀ। ଓଡ଼ିଆରେ ଏକ ଲୋକକଥା ଅଛି 'ଲୁଣ ଖାଏ ହାଣ୍ଡି, ଚିନ୍ତା ଖାଏ ଗଣ୍ଡି'। ସେହିପରି ଆପଣ ପିଲାଟିକୁ ଯେତେ ସୁଷମ ଖାଦ୍ୟ, ଫଳ, ପନିପରିବା, ଔଷଧପତ୍ର ଦେଲେ ମଧ୍ୟ ଯଦି ପିଲାଟିର କୃମି ସମ୍ବନ୍ଧୀୟ ସମସ୍ୟା ଥାଏ ତାହେଲେ ପିଲାଟିର ଉତ୍ତମ ସ୍ୱାସ୍ଥ୍ୟ ରହିବନାହିଁ। ତେଣୁ ଏ କ୍ଷେତ୍ରରେ ଅଭିଭାବକମାନେ ଯତ୍ନବାନ ହୋଇ ଶିଶୁରୋଗ ବିଶେଷଜ୍ଞଙ୍କ ପରାମର୍ଶ ନେବା ଜରୁରୀ।

# ଲଗାଣ ବର୍ଷା, ଜୀବନଯାତ୍ରା ବ୍ୟାହତ, ଶତାଧିକ ଝାଟିମାଟି ଘର ଭାଙ୍ଗିଲା



ଖଣ୍ଡପଡା (ପିଏନ୍): ଗତ ତିନିଦିନ ଧରି ଲଘୁଚାପ ଜନିତ ଲଗାଣ ବର୍ଷା ଲାଗି ରହିଥିଲା। ଅବିଶ୍ରାନ୍ତ ବର୍ଷା ଫଳରେ ଜୀବନ ଯାତ୍ରା ବ୍ୟାହତ ହୋଇଛି। ଏକର ଏକର ଚାଷ ଜମିରେ ବର୍ଷା ପାଣି ଲହଡି ଭାଙ୍ଗୁଛି। ଖଣ୍ଡପଡା ବ୍ଲକ ଅଂଚଳର ବିଭିନ୍ନ ଇଲାକାରେ ବର୍ଷାଜଳ ନିଷ୍କାସନ ନିମନ୍ତେ ବ୍ୟବସ୍ଥା ନଥିବାରୁ ସର୍ବସାଧାରଣଙ୍କ ଯାତାୟାତ ନିମନ୍ତେ ରାସ୍ତା ଉପରେ ବର୍ଷା ପାଣି ଜମି ରହିଛି। ଲଗାଣ ବର୍ଷା ପ୍ରଭାବରେ ବେଣାଗାଡିଆ ପଂଚାୟତ ଅଧିନ ତେନ୍ତୁଳିଆପଲ୍ଲୀ ଗ୍ରାମର ନାରାୟଣ ନାୟକ ଓ ଶେଷଦେବ ସାହୁଙ୍କ ଘର ଭାଙ୍ଗି ଯାଇଥିବା ବେଳେ ମାଧବେରେଣୀ ଗ୍ରାମର ବସନ୍ତ ସାହୁଙ୍କ ଟାଇଲ ଛପର ଘରଟି ଭୁଷୁଡି ପଡିଥିବା ଜଣାପଡିଛି। ଅପରପକ୍ଷେ ଗଡିଆସାହି ପଂଚାୟତ ଅଧିନ ହରିଜନ ସାହିର କିଶୋର ନାଏକ ଓ ବାବୁ ନାଏକଙ୍କ ଘର କାନ୍ଥ ଭୁଷୁଡି ପଡିବା ଯୋଗୁ ସଂପୃକ୍ତ ପରିବାର ଅସୁବିଧାର ସମ୍ମୁଖିନ ହୋଇଛନ୍ତି। ଗାଁ ଗଣ୍ଡାରେ ଶହ ଶହ ଝାଟିମାଟି, ଟାଇଲ ଓ ଚାଳଛପର ଘର ଲଗାଣ ବର୍ଷାର ପ୍ରଭାବରେ ଭାଙ୍ଗି ଯାଇଛି। ଫଳରେ ଉକ୍ତ ଘରେ ବସବାସ କରୁଥିବା ଜନସାଧାରଣ ଅକଥନୀୟ ଦୁର୍ଦ୍ଦଶା ଭୋଗିବା ସହ ସାଇ ପଡିଶାଙ୍କ ବାରଣ୍ଡା ସମେତ ଗ୍ରାମର କୋଠଘରେ ଆଶ୍ରୟ ନେଇଥିବା ଜଣାପଡିଛି। ବର୍ଷା ଥମିବାର ନାଁ ଗନ୍ଧ ଧରୁନଥିବାରୁ ବାସଗୃହଶୂନ୍ୟ ପରିବାରଗୁଡିକ ବିଶେଷ ଅସୁବିଧାର ସମ୍ମୁଖିନ ହେଉଛନ୍ତି। ବ୍ଲକ ଓ ତହସିଲ ପ୍ରଶାସନ ଏଥିପ୍ରତି ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହେଉଛି।

## ପୋଖରୀରେ ବୁଡି ଅକାଳ ବିୟୋଗ

କେନ୍ଦୁଝର (ପିଏନ୍): କେନ୍ଦୁଝର ଜିଲ୍ଲା ସଦର ବ୍ଲକ ଅନ୍ତର୍ଗତ ପଦ୍ମପୁର ଗ୍ରାମର କିରଣ ଦେହୁରୀ (୪୫) ଗତ ୧୨ତାରିଖ ଦିନ ସକାଳେ ଶୌଚ ହେବା ପାଇଁ ନିକଟସ୍ଥ ଗୁରୁଗୁଡିଆ ପୋଖରୀକୁ ଯାଇ ଆଉ ଘରକୁ ଫେରି ନଥିଲେ। ପରିବାରବର୍ଗ ବହୁ ଖୋଜାଖୋଜି କରିବା ପରେ ପୋଖରୀ ହୁଡାରେ ତାଙ୍କର ଚପଲ ଏବଂ ବ୍ରସ ପାଇଥିଲେ। ତେଣୁ ପୋଖରୀରେ ବୁଡିଯାଇଥିବା ସନ୍ଦେହ କରି ଅଗ୍ନିଶମ ବିଭାଗକୁ ଖବର ଦେଇଥିଲେ। ଅଗ୍ନିଶମ ବିଭାଗ ଘଟଣାସ୍ଥଳରେ ପହଂଚି ବହୁ ଖୋଜାଖୋଜି କରିବା ପରେ ମଧ୍ୟ ତାଙ୍କର କୌଣସି ସନ୍ଧାନ ପାଇ ନ ଥିଲେ। ଗତ ୧୩ ତାରିଖ ସକାଳେ ତାଙ୍କ ଶବ ପାଣିରେ ଭାସୁଥିବା ଦେଖିବାକୁ ମିଳଥିଲା। ଖବର ପାଇ ସଦର ପୋଲିସ୍ ଘଟଣା ସ୍ଥଳରେ ପହଂଚି ଶବକୁ ଜବତ କରିବା ସହ କେନ୍ଦୁଝର ମୁଖ୍ୟ ଚିକିତ୍ସାଳୟକୁ ବ୍ୟବଚ୍ଛେଦ ପାଇଁ ପଠାଇଛି। ବ୍ୟବଚ୍ଛେଦ ରିପୋର୍ଟ ଆସିଲେ ମୃତ୍ୟୁର ପ୍ରକୃତ କାରଣ ଜଣାପଡିବ ବୋଲି ପୋଲିସ ସୂଚନା ଦେଇଛି। ସ୍ୱର୍ଗତଃ କିରଣ ଦେହୂରୀ ରୋଷେୟା ଭାବେ କାର୍ଯ୍ୟ କରି ନିଜର ପରିବାର ପ୍ରତିପୋଷଣ କରୁଥିଲେ। ସେ ଜଣେ ଅତି ମେଳାପି ଏବଂ ପରୋପକାରୀ ବ୍ୟକ୍ତି ଥିଲେ। ତାଙ୍କ ମୃତ୍ୟୁରେ ପରିବାର ଦୁଃଖରେ ଭାଙ୍ଗି ପଡିବା ସହିତ ପଦ୍ମପୁର ଅଂଚଳରେ ଶୋକର ଛାୟା ଖେଳିଯାଇଛି।

# ଆମେ ଓ ଆମ ପରିବେଶର ପଶୁପକ୍ଷୀ

ବିଶ୍ୱର ଜନସଂଖ୍ୟା ବୃଦ୍ଧି ସନ୍ତୁଳିତ ପୃଥିବୀକୁ ଅସନ୍ତୁଳିତ କରିବା ଓ ବିଶ୍ୱ ପ୍ରଦୂଷଣ ବଢ଼ାଇବାର ମୁଖ୍ୟ କାରଣ। ଜନସଂଖ୍ୟା ଚାପ କାରଣରୁ ବିଶ୍ୱର ଖାଦ୍ୟ, ବାସସ୍ଥାନ, ଶିକ୍ଷା, ସ୍ୱାସ୍ଥ୍ୟ, କର୍ମ ସଂସ୍ଥାନ, ପରିବହନ, ଯୋଗାଯୋଗ ଏବଂ ଅନ୍ୟାନ୍ୟ ଆନୁଷଙ୍ଗିକ ସମସ୍ୟା ସୃଷ୍ଟି ହେବା ସହିତ ବିଭିନ୍ନ ପ୍ରତିଯୋଗିତାମୂଳକ କାରଣରୁ ସନ୍ଦେହ ଓ ଅହଂକାର ହେତୁ ବିଶ୍ୱ ଏବେ ତୃତୀୟ ବିଶ୍ୱଯୁଦ୍ଧ ଆଡ଼କୁ ଆଗେଇ ଚାଲିଛି। ଏହି ପରିପ୍ରେକ୍ଷୀରେ ମଣିଷ ଯେ ଖାଲି ଏକା ଶିକାର ହେଉଛି ବା ହେବ, ତାହା ନୁହେଁ ଏ ପ୍ରକୃତି ବା ପରିବେଶ ମଧ୍ୟରେ ବସବାସ କରୁଥିବା ସମସ୍ତ ଜୀବକୁଳ ଯଥା ଉଭିଦ ଓ ପଶୁପକ୍ଷୀ ତାର ଶୀକାର ହେଉଛନ୍ତି ଏବଂ ହେବେ। କହିବା ବାହୁଲ୍ୟ ଯେ ସୃଷ୍ଟିର ଆରମ୍ଭରୁ ଏ ଧରିତ୍ରୀରେ କେବଳ ମଣିଷର ସଂଖ୍ୟା ସବୁଠୁ କମ୍ ଥିଲା। ଏ ପରିବେଶ ଉଭିଦ ଓ ପଶୁପକ୍ଷୀ ଦ୍ୱାରା ଭରପୁର ଥିଲା। ଏହିପରି ପରିବେଶ ମଧ୍ୟରେ ଅନ୍ୟାନ୍ୟ ପ୍ରାଣୀମାନଙ୍କ ମଧ୍ୟରେ ମଣିଷ ଥିଲା ଗୋଟିଏ ପଶୁ। ସମୟକ୍ରମେ ଭୌଗୋଳିକ ବା ଜଳବାୟୁ ପରିବର୍ତ୍ତନ କାରଣରୁ ଅନେକ ଜୀବ ଏ ପୃଥିବୀରୁ ନିଶ୍ଚିହ୍ନ ହୋଇଗଲେଣି। ଜନସଂଖ୍ୟାର ଆବଶ୍ୟକତାକୁ ମେଂଟାଇବାକୁ ଯାଇ ପରିବେଶର ଅନେକ ଜଙ୍ଗଲ ଧ୍ୱଂସ ହୋଇଗଲାଣି, ପଶୁପକ୍ଷୀମାନେ ବାସସ୍ଥାନ ଅଭାବରୁ ଏବଂ ମଣିଷର ଶୀକାର ହେତୁ ଲୋପ ହୋଇଗଲେଣି ଏବଂ ଅନେକ କିଛି ବିଲୁପ୍ତ ପ୍ରାୟ। ଏ ସବୁଥି ପାଇଁ ମଣିଷ ଦାୟୀ। ତାର କିରିତ କର୍ମ ପାଇଁ ଏ ପୃଥିବୀ ଓ ତା'ର ଅନ୍ତେଃବାସୀ ଏବେ ଧ୍ୱଂସ ବା ବିଲୁପ୍ତ ମୁଖୀ। ପ୍ରତିଟି ସଜୀବ ଓ ନିର୍ଜୀବ ବିଶେଷ ଏ ପ୍ରକୃତି ଓ ପରିବେଶରେ ଗୋଟିଏ ଗୋଟିଏ ଅମୂଲ୍ୟ ଅଂଶ। ନିର୍ଜୀବଟିର ଯେମିତି ତିଷ୍ଠିବାର ଅଧିକାର ଅଛି ସେମିତି ପ୍ରତିଟି ଜୀବବିଶେଷଙ୍କର ବଂଚିବାର ଅଧିକାର ଅଛି। ଏ ସୁନ୍ଦର ବିଶ୍ୱର ପ୍ରତ୍ୟେକ ଗୋଟିଏ ଗୋଟିଏ ବିଚିତ୍ର ଏବଂ ସୌନ୍ଦର୍ଯ୍ୟ ସୃଷ୍ଟି। ପୃଥିବୀ ତା'ର ପ୍ରାକୃତିକ ନିୟମଚୟରେ ଏସବୁର ସନ୍ତୁଳନ ରଖିଥିଲା ଅଥଚ ଆମେ କରୁଛୁ କ'ଣ? ମଣିଷ ସ୍ୱାର୍ଥ ପାଇଁ କରୁଛି କ'ଣ? ସ୍ୱାର୍ଥ ହିଁ ସବୁ ଅନର୍ଥର କାରଣ। ଏକଥା ସେ ବୁଝିବା ଉଚିତ୍। ବିବେକ ଲଗାଇ ବିଚାର କରିବା ଉଚିତ୍ ଯେ ତା ପାଇଁ କ'ଣ କରଣୀୟ ବା କଣ ବର୍ଜନୀୟ। ସଂକ୍ଷେପରେ ଏନେଇ ଏତିକି କୁହାଯାଇପାରେ ଯେ ମଣିଷ ନିଜକୁ ବଂଚାଇଲା ପରି ସେ ତା' ପରିବେଶରେ ଥିବା ସମସ୍ତ ଜୀବ, ବିଶେଷ କରି ଜଙ୍ଗଲ ଓ ପଶୁପକ୍ଷୀଙ୍କ ପ୍ରତି ଧ୍ୟାନ ଦେବା ଉଚିତ୍। ଧାର୍ମିକ ମତରେ ବୃକ୍ଷଛେଦନ ଓ ଜୀବହତ୍ୟା ମହାପାପ। ସେମିତି ବୃକ୍ଷରୋପଣ ଓ ପଶୁପକ୍ଷୀଙ୍କୁ ଆଶ୍ରୟ ପ୍ରଦାନ ମହାପୁଣ୍ୟ। ବୈଜ୍ଞାନିକ ମତରେ ପରିବେଶ ସନ୍ତୁଳନ ଓ ଜୀବର ସୁରକ୍ଷା ନିମନ୍ତେ ଏସବୁର ସଂରକ୍ଷଣର ଆବଶ୍ୟକତା ଅଛି। ପୃଥିବୀର ଏମିତି ସୃଷ୍ଟି ନାହିଁ ଯାହାର ମଣିଷ ବା ଆଉ କାହା ପ୍ରତି ଆବଶ୍ୟକତା ନାହିଁ। ଏଠି ବିଷଧର ସାପ ବା ମଶାଟିର ବି ଗୁରୁତ୍ୱ ଅଛି। କୌଣସି ସୃଷ୍ଟି ଅପକାର ବା ଉପକାର ରହିତ ନୁହଁନ୍ତି। ସମସ୍ତେ ବ୍ୟବହାରକୁ ନେଇ ଫଳାଫଳ ଦିଅନ୍ତି। ଜୀବେ ଦୟା ଧର୍ମ। ପ୍ରତ୍ୟେକ ଧର୍ମଶାସ୍ତ୍ର ଏହା କୁହେ। ସେମାନଙ୍କ ପ୍ରତି କରୁଣା ଓ ସହାନୁଭୂତି ପ୍ରଦର୍ଶନ ଆମର କର୍ତବ୍ୟ। ଆମଠୁ ସେମାନେ ବଂଚିବାର ଅଧିକାର ଦାବି କରନ୍ତି। ଖାଦ୍ୟ ଶୃଙ୍ଖଳରେ କିଏ କାହାର ଖାଦ୍ୟ ହେଲେ ହେଁ, ସମସ୍ତେ ଆମ ଦ୍ୱାରା ଲାଳିତ ଓ ପାଳିତ ହେବାର ଅଛି; ତାଙ୍କ ବଂଶ ବଢ଼ାଇବାର ସହଯୋଗ କରିବାର ଅଛି। ଆମ ପରି ଏ ପରିବେଶରେ ପଶୁପକ୍ଷୀମାନେ ବଂଚନ୍ତୁ। ଏହି କଥା ସୂଚାଇ ଦେବା ଏବଂ ଏହାର ସଚେତନତା ସୃଷ୍ଟି ପାଇଁ ପ୍ରତିବର୍ଷ ୪ ଅକ୍ଟୋବରକୁ ବିଶ୍ୱ ପଶୁପକ୍ଷୀ ଦିବସ ରୂପେ ପାଳନ କରାଯାଏ। ଏହି ଦିବସଟି ପ୍ରଥମେ ୧୯୩୧ ମସିହାରେ ପରିବେଶ ବିଜ୍ଞାନୀମାନେ ଏକ ବୈଠକରେ ଆରମ୍ଭ କରିଥିଲେ। ଏହି ଦିବସରେ ବିଶ୍ୱବ୍ୟାପୀ ସ୍ୱତନ୍ତ୍ର କାର୍ଯ୍ୟକ୍ରମମାନ ଆରମ୍ଭ କରାଯାଏ। ଆର୍ଜେଂଟିନାରେ ଏହି ଦିବସଟି ଏପ୍ରିଲ ମାସ ୨୯ ତାରିଖରେ ପାଳିତ ହୁଏ। ପ୍ରକୃତି, ପରିବେଶ ତଥା ଏଥିରେ ବସବାସ କରୁଥିବା ଜୀବଜନ୍ତୁଙ୍କ ଜଣେ ଅନନ୍ୟ ପୂଜାରୀ ଫ୍ରାନ୍‌ସିସ୍ ଅଫ୍ ଆସିସିଙ୍କ ସ୍ମୃତି ଉପଲକ୍ଷେ ଅନୁଷ୍ଠିତ ଉତ୍ସବକୁ ବିଶ୍ୱ ପଶୁଦିବସ ରୂପେ ପାଳନ କରାଯାଉଅଛି। ଏହିଦିନର ନିକଟତମ ରବିବାରରେ ବିଶ୍ୱରେ ଥିବା ସମସ୍ତ ଗୀର୍ଜାରେ ପଶୁପକ୍ଷୀଙ୍କ ଉଦ୍ଦେଶ୍ୟରେ ସମୂହ ପ୍ରାର୍ଥନା ସଭା ଆୟୋଜିତ ହୋଇଥାଏ। ଫ୍ରାନ୍‌ସିସ୍ ଖ୍ରୀଷ୍ଟିଆନ୍ ଥିବାରୁ ଏହା ଚାଲିଥିଲା। ଏବେ ଏହା ଆଉ ଖ୍ରୀଷ୍ଟିଆନ୍ ଉତ୍ସବ ନହୋଇ ଜାତିଧର୍ମ ବର୍ଣ୍ଣ ନିର୍ବିଶେଷରେ ସମସ୍ତେ ଏହାକୁ ପାଳନ କରନ୍ତି। ଏଥିପାଇଁ ୱାଇଲ୍‌ଡ ଲାଇଫ୍ ସ୍ୱେଚ୍ଛାସେବୀ ଅନୁଷ୍ଠାନମାନଙ୍କ ତରଫରୁ ବିଭିନ୍ନ ସ୍କୁଲ କଲେଜ ଓ ଅନ୍ୟାନ୍ୟ ସ୍ଥାନରେ ସଚେତନଧର୍ମୀ କାର୍ଯ୍ୟକ୍ରମମାନ ହାତକୁ ନିଆଯାଇଥାଏ। ଏତଦ୍‌ବ୍ୟତୀତ ବିଭିନ୍ନ ବଦାନ୍ୟ ବ୍ୟକ୍ତିବିଶେଷ କିମ୍ବା କର୍ମୀମାନେ ଆନିମଲ ଚାରିଟି ବା ବଦାନ୍ୟ ପଶୁ ଅନୁଷ୍ଠାନ ଯେମିତି ଗୋଶାଳା ଇତ୍ୟାଦିଙ୍କୁ ସ୍ୱଇଚ୍ଛାରେ ଅର୍ଥ ଦାନ କରିଥାନ୍ତି। ଅନେକ କୌଣସି ଏକ ଗୃହପାଳିତ ପଶୁର ପୃଷ୍ଟପୋଷକତା ପାଇଁ ଶପଥ ନେଇଥାନ୍ତି ଓ କାର୍ଯ୍ୟରେ ପରିଣତ କରିଥା'ନ୍ତି। ଅନ୍ୟ କେହି ଆମିଷ ଭୋଜନ ପରିତ୍ୟାଗ କରିଥାନ୍ତି। ଆସନ୍ତୁ ବିଶ୍ୱ ପଶୁପକ୍ଷୀଙ୍କ ମଙ୍ଗଳାର୍ଥେ ଆମେ ବି କିଛି କରିବା।

## କୁସୁମୀ ନଦୀର ଜଳପତନ ବୃଦ୍ଧି



ଖଣ୍ଡପଡା (ପିଏନ୍) ଲଘୁଚାପ ଜନିତ ଲଗାଣ ବର୍ଷା ଫଳରେ ଖଣ୍ଡପଡା ଅଂଚଳ ଦେଇ ପ୍ରବାହିତ କୁସୁମୀ ନଦୀର ଜଳସ୍ତର ସମୟାନୁକ୍ରମେ ବୃଦ୍ଧି ପାଇବାରେ ଲାଗିଛି। ନଦୀ ଏବେ ଦୁଇ କୂଳ ଖାଇ ପ୍ରବାହିତ ହେଉଛି। ଉପରମୁଣ୍ଡରେ ପ୍ରବଳ ବର୍ଷା ଲାଗିରହିଥିବାରୁ କୁସୁମୀ ନଦୀ କୂଳ ଲଂଘିବାର ଆଶଙ୍କା ପ୍ରକାଶ ପାଇଥିଲା। ତେବେ ନଦୀ ତଟବର୍ତୀ ଗ୍ରାମର ବାସିନ୍ଦାମାନେ ଭୟ କରିବାର କୌଣସି କାରଣ ନାହିଁ ବୋଲି କଂଟିଲୋ ଜଳସେଚନ ବିଭାଗ କାର୍ଯ୍ୟାଳୟ ସୂତ୍ରରୁ ଜଣାପଡିଛି।

# ପ୍ରବଳ ବର୍ଷାରେ କେନ୍ଦ୍ରାପଡା ସହର ଓ ଆଖପାଖ ଅଞ୍ଚଳ ଜଳାର୍ଣ୍ଣବ



କେନ୍ଦ୍ରାପଡ଼ା (ପିଏନ୍): ଗତ ଶନିବାରଠାରୁ ଆରମ୍ଭ ହୋଇଥିବା ଲଘୁଚାପ ଜନିତ ଲଗାଣବର୍ଷାରେ କେନ୍ଦ୍ରାପଡା ସହର ସମେତ ଆଖପାଖ ଅଞ୍ଚଳ ବେହାଲ ହୋଇପଡିଥିବା ଦେଖିବାକୁ ମିଳିଛି। ସହରର ଜୟୀପୁରା, କନିଆଯୋରୀ, ଏକଣାଖଣ୍ଡି, ଅଯୋଦ୍ଧାନଗର, ରଣପଡା, ଗୋପ, ମୀରପାଟଣା, କାକଟ, ଦିଲାରପୁର, ଏମାମବାଡା, ଶ୍ୟାମଗୁଡିଆ, ଗୌଡଗୋପ, ଓଡିଶୋ, ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ, ଅଦାଲତ ଛକ, ମେଡିକାଲ ଛକ, ମହିପାଳ, କଜଳା, ଭ୍ରମରଦିଆପାଟଣା, ପୂର୍ତ୍ତ ଡିଭିଜନ କାର୍ଯ୍ୟାଳୟ ସମ୍ମୁଖ ରାସ୍ତା ପ୍ରଭୃତି ବର୍ଷା ପାଣିରେ ବୁଡି ଯାଇ ବନ୍ୟାର ଭ୍ରମ ସୃଷ୍ଟି କରିଛି। ସେହିଭଳି ସହରତଳି ଅଞ୍ଚଳ ଗୁଲନଗର, ଗରାପୁର, ଓସ୍ତପୁର, ଶ୍ୟାମସୁନ୍ଦରପୁର, ଭରତପୁର, ମରଡପୁର ପ୍ରଭୃତି ଅଞ୍ଚଳ ମଧ୍ୟ ବର୍ଷା ଜଳରେ ବୁଡିଯାଇଥିବା ଦେଖିବାକୁ ମିଳିଛି। ଧାନତଳି ରୁଆ ହୋଇଥିବା ଜମି ଗୁଡିକ ବର୍ଷା ପାଣିରେ ବୁଡି ଯାଇଥିବାରୁ ଚାଷୀମାନେ ମୁଣ୍ଡରେ ହାତଦେଇ ବସିଥିବା ଜଣାପଡିଛି। ଗୋବରୀ ନଦୀର ଉଭୟ ପାର୍ଶ୍ୱରେ ଥିବା ଚାଷଜମିଗୁଡିକ ବର୍ଷା ଜଳରେ ବୁଡି ଯାଇଥିବାରୁ ସେ ଅଞ୍ଚଳର ଚାଷୀମାନେ ନାହିଁନଥିବା ଅସୁବିଧାର ସମ୍ମୁଖିନ ହେଉଥିବା ଓ ଫସଲ ନଷ୍ଟ ହୋଇଯିବାର ସମ୍ଭାବନା ଦୃଷ୍ଟିରୁ ଚିନ୍ତାରେ ଭାଙ୍ଗି ପଡିଥିବା ଦେଖାଯାଇଛି। ସହରର ତଳିଆ ଅଞ୍ଚଳରେ ପୌର ନିର୍ବାହୀ ଅଧିକାରୀ ଦେବପ୍ରସାଦ ବଳ ସୋମବାର ସକାଳୁ ପହଞ୍ଚି ବର୍ଷା ଜଳ ନିଷ୍କାସନ ପାଇଁ ପମ୍ପ ପକାଇ ଆବଶ୍ୟକ ବ୍ୟବସ୍ଥା କରିବା ସହ ବର୍ଷା ପାଣି ପଶି ଯାଇଥିବା ଘର ଗୁଡିକର ଲୋକମାନଙ୍କ ପାଇଁ ରହଣୀର ବ୍ୟବସ୍ଥା କରିଛନ୍ତି। କଜଳାର ବସ୍ତି ଅଞ୍ଚଳରେ ଯୁବନେତା ମହେଶ ପାଢୀ, ଜିଲ୍ଲା ଯୁବ ବିଜେଡିର ସାଧାରଣ ସମ୍ପାଦକ ମହେନ୍ଦ୍ର ମିଶ୍ର ପ୍ରମୁଖ ପହଞ୍ଚି ବର୍ଷାଜଳ ପଶି ଯାଇ ଅସୁବିଧାର ସମ୍ମୁଖୀନ ହୋଇଥିବା ଲୋକମାନଙ୍କ ସହ ଆଲୋଚନା କରିବା ସହ ସେମାନଙ୍କୁ ଶୁଖିଲା ଖାଦ୍ୟ ବଣ୍ଟନ କରିଛନ୍ତି। ସେହିପରି କେନ୍ଦ୍ରାପଡା ବିଧାୟକ ଶଶିଭୂଷଣ ବେହେରା ସହରର କେତେକ ତଳିଆ ଅଞ୍ଚଳରେ ପହଞ୍ଚି ବିପନ୍ନ ଲୋକମାନଙ୍କୁ ଶୁଖିଲା ଖାଦ୍ୟ ବଣ୍ଟନ କରିଥିବା ଜଣାପଡିଛି।

## ଅଁଳାମଡା ମୁଣ୍ଡିଆ ସାହିରେ ପଶିଲା ବନ୍ୟାପାଣି



ଖଣ୍ଡପଡା (ପିଏନ୍): ଖଣ୍ଡପଡା ବ୍ଲକ ଗୁଣ୍ଠୁଣି ପଂଚାୟତ ଅଧିନ ଅଁଳାମଡା ମୁଣ୍ଡିଆସାହି ବାସିନ୍ଦାଙ୍କ ଘରେ ଡାହୁକା ନଦୀର ବନ୍ୟା ଜଳ ପ୍ରବେଶ କରିଛି। ଗ୍ରାମର ୩୦ରୁ ଉର୍ଦ୍ଧ ବ୍ୟକ୍ତି ବନ୍ୟାପାଣି ଯୋଗୁଁ ଦୁର୍ଦ୍ଦଶାର ସମ୍ମୁଖିନ ହୋଇଥିବା ଗ୍ରାମବାସୀଙ୍କ ସୂତ୍ରରୁ ଜଣାପଡିଛି। ଗ୍ରାମ ନିକଟରେ ପ୍ରବାହିତ ଡ଼ାହୁକା ନଦୀର ପାଣି କୂଳ ଲଂଘି ଗ୍ରାମରେ ପ୍ରବେଶ କରିଥିବା ଜଣାପଡିଛି। ବନ୍ୟାପାଣି ଘେରରେ ଥିବା ଅଁଳାମଡା ଗ୍ରାମବାସୀଙ୍କ ପ୍ରତି ପ୍ରଶାସନ ଦୃଷ୍ଟି ଦେବାକୁ ଦାବି ହେଉଛି।

## ୨୦୦ ଶଯ୍ୟା ବିଶିଷ୍ଟ ଛାତ୍ରୀନିବାସ ଓ ୨୦୦ ଶଯ୍ୟା ବିଶିଷ୍ଟ ଛାତ୍ରାବାସର ଭିତ୍ତିପ୍ରସ୍ତର ସ୍ଥାପନ

ଆନନ୍ଦପୁର (ପିଏନ୍): ଗତ ୧୩ ତାରିଖ ପୂର୍ବାହ୍ନ ୧୧ଘଟିକା ସମୟରେ ଓଡିଶା ଆଦର୍ଶ ବିଦ୍ୟାଳୟ ଶାଳପଡା ପରିସରରେ ଅଧକ୍ଷ ସତ୍ୟବ୍ରତ ସାମଲଙ୍କ ପୌରୋହିତ୍ୟରେ ୨୦୦ ଶଯ୍ୟା ବିଶିଷ୍ଟ ଛାତ୍ରୀନିବାସ ଓ ୨୦୦ ଶଯ୍ୟା ବିଶିଷ୍ଟ ଛାତ୍ରାବାସର ଭିତ୍ତିପ୍ରସ୍ତର ସ୍ଥାପନ ସମାରୋହ ଅନୁଷ୍ଠିତ ହୋଇଯାଇଛି। ଏହି ସମାରୋହରେ ଘଷିପୁରା ବିଧାୟକ ବଦ୍ରୀନାରାୟଣ ପାତ୍ର ଏବଂ ଆନନ୍ଦପୁର ବିଧାୟକ ଭାଗିରଥି ସେଠୀ ମୁଖ୍ୟଅତିଥି ଭାବେ ଯୋଗ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ସହକାରୀ ନିର୍ବାହୀ ଯନ୍ତ୍ରୀ ତ୍ରିଲୋଚନ ସେଠୀଙ୍କ ସହିତ ବିଦ୍ୟାଳୟର ସମସ୍ତ ଶିକ୍ଷକ/ଶିକ୍ଷୟତ୍ରୀ ଯୋଗଦାନ କରି ଉତ୍ସବଟିକୁ ସଫଳ ରୂପାୟନ କରିଥିଲେ। ଏହି ଛାତ୍ରାବାସଟି ଖୁବ୍‌ଶୀଘ୍ର ନିର୍ମାଣ କରାଯାଇପାରିଲେ ଦୂରଦୂରାନ୍ତରୁ ଆସୁଥିବା ଛାତ୍ରଛାତ୍ରୀମାନେ ଆଗାମୀ ଦିନରେ ଉପକୃତ ହୋଇପାରିବେ ବୋଲି ମତ ପ୍ରକାଶ ପାଇଥିଲା।

## ବାଲେଶ୍ୱରରେ ଜିଲ୍ଲାସ୍ତରୀୟ ନୂଆଖାଇ ପର୍ବ ପାଳିତ

ବାଲେଶ୍ୱର (ପିଏନ୍)-ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ଅଧିନସ୍ଥ ଜିଲ୍ଲା ସଂସ୍କୃତି ବିଭାଗ ଓ ଜିଲ୍ଲା ସଂସ୍କୃତି ପରିଷଦ ମିଳିତ ଆନୁକୂଲ୍ୟରେ ଜିଲ୍ଲାସ୍ତରୀୟ ନୂଆଖାଇ ପର୍ବ ଜିଲ୍ଲା ସଦର ବ୍ଲକ ସମ୍ମିଳନୀ କକ୍ଷରେ ପାଳିତ ହୋଇଯାଇଛି। ଏହି ସଭାରେ ଅତିରିକ୍ତ ଜିଲ୍ଲାପାଳ ନିଲୁ ମହାପାତ୍ର ସଭାପତିତ୍ୱ କରିଥିବା ବେଳେ ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ପ୍ରାଧୀକରଣ ଅଧ୍ୟକ୍ଷ ଶ୍ରୀ ନାରାୟଣ ପ୍ରଧାନ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ସଦର ବ୍ଲକ ଅଧ୍ୟକ୍ଷା ସୁନିତା ବେହେରା ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିବା ବେଳେ ସଦର ବ୍ଲକ ଉନ୍ନୟନ ଅଧିକାରୀ ଶ୍ରୀ ନରେନ୍ଦ୍ର ଖମାରୀ ମୁଖ୍ୟବକ୍ତା ଭାବେ ଯୋଗ ଦେଇଥିଲେ। ଜିଲ୍ଲା କ୍ରୀଡ଼ା ଅଧିକାରୀ ଶ୍ରୀ ପୂର୍ଣ୍ଣେନ୍ଦୁ ଜେନା ଓ ବାଲେଶ୍ୱର ଜିଲ୍ଲା କଳାକାର ସଂଘର ଉପସଭାପତି ଶ୍ରୀ ଚକ୍ରଧର ମହାପାତ୍ର ସମ୍ମାନିତ ବକ୍ତା ଭାବେ ଯୋଗ ଦେଇଥିଲେ। ଜିଲ୍ଲା ସଂସ୍କୃତି ଅଧିକାରୀ ଶ୍ରୀ ଆଶୀଷ ସାହୁ ଅତିଥି ପରିଚୟ ପ୍ରଦାନ କରିବା ସହ ନୂଆଖାଇ ପର୍ବର ତାତ୍ପର୍ଯ୍ୟ ବର୍ଣ୍ଣନା କରିଥିଲେ। ସମଗ୍ର ରାଜ୍ୟର ବିଭନ୍ନ ଅଞ୍ଚଳରେ ପଶ୍ଚିମ ଓଡ଼ିଶାର ଭାଇଭଉଣୀମାନଙ୍କ ମାଧ୍ୟମରେ ଏହା ସମସ୍ତଙ୍କୁ ଅନୁଭୂତ ହେବା ସହ ବାଲେଶ୍ୱର ଜିଲ୍ଲାରେ ଆୟୋଜିତ ଏହି ପର୍ବ ବିଶେଷ ମହତ୍ୱ ଧାରଣ କରୁଅଛି। ସଭାରେ ଜିଲ୍ଲା ସଂସ୍କୃତି ପରିଷଦ ଓ ବାଲେଶ୍ୱର ଜିଲ୍ଲା କଳାକର ସଂଘ ଆନୁକୂଲ୍ୟରେ ସମ୍ବଲପୁରୀ ନୃତ୍ୟ, ଓଡ଼ିଶୀ ନୃତ୍ୟ ଓ ପାଲା ଆଦି ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ କଳାକାର ପ୍ରେମୀ ନିତ୍ୟାନନ୍ଦ ମିଶ୍ର, ଜିଲ୍ଲାର ବିଭିନ୍ନ ସ୍ଥାନରୁ ଆସିଥିବା କଳାକାର, ବାଲେଶ୍ୱର ଗଣମାଧ୍ୟମ ଓ ବହୁ ବିଶିଷ୍ଟ ବ୍ୟକ୍ତି ଯୋଗ ଦେଇଥିଲେ।


# DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Pragyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ରାଇରଙ୍ଗପୁର ଫ୍ରେଣ୍ଡସ୍ କର୍ଣ୍ଣର ସପିଂ ମଲରେ ଅଗ୍ନିକାଣ୍ଡ : ୨କୋଟିରୁ ଅଧିକ ମୂଲ୍ୟର ସମ୍ପତି ନଷ୍ଟ

ବାରିପଦା, (ପିଏନ)- ମୟୂରଭଞ୍ଜ ଜିଲ୍ଲା ରାଇରଙ୍ଗପୁର ପୌରପରିଷଦର ବଜାର ଗୋଲେଇ ଛକ ନିକଟରେ ଥିବା ଫ୍ରେଣ୍ଡସ୍ କର୍ଣ୍ଣର ସପିଂ ମଲରେ ଗତ ବୁଧବାର ରାତି ପ୍ରାୟ ୩ଟା ପାଖାପାଖି ଅଗ୍ନିକାଣ୍ଡ ଘଟିଥିଲା । ଖବର ପାଇ ବାମନଘାଟି ଉପଖଣ୍ଡସ୍ଥିତ ଏକ ଦମକଳ ଗାଡ଼ି ୪ଟା ପାଖାପାଖି ପହଁଚି ନିଆଁକୁ ଆୟତ କରିବାକୁ ଉଦ୍ୟମ ଚଳାଇଥିବା ସମୟରେ ଗାଡ଼ିରେ ପାଣି ଶେଷ ହୋଇଯାଇଥିଲା । ଏହାପରେ ଅନ୍ୟ ଗାଡ଼ିଗୁଡ଼ିକ ପହଁଚିବା ନିମନ୍ତେ ପ୍ରାୟ ଏକ ଘଂଟାରୁ ଅଧିକ ବିଳମ୍ବ କରିଦେଇଥିବାରୁ ନିଆଁ ସମସ୍ତ ଚାରିଆଡ଼େ ମାଡ଼ି ଯାଇଥିଲା । ପରବର୍ତି ସମୟରେ ପ୍ରାୟ ୯ରୁ ଅଧିକ ଦମକଳ ଗାଡ଼ି ଘଟଣାସ୍ଥଳରେ ପହଁଚି ନିଆଁକୁ ଆୟତ କରିବା ନିମନ୍ତେ ଆପ୍ରାଣ ଉଦ୍ୟମ ଚଳାଇଥିଲେ । ପ୍ରାୟ ୫ ଘଂଟାରୁ ଅଧିକ ସମୟ ଧରି ଅଗ୍ନିଶମ ବିଭାଗର କର୍ମଚାରୀମାନଙ୍କ ମିଳିତ ଉଦ୍ୟମ ପରେ ନିଆଁକୁ ଆୟତ କରାଯାଇ ପାରିଥିଲା । ସପିଂ ମଲରେ ଥିବା ଫ୍ରେଣ୍ଡସ୍ କର୍ଣ୍ଣର, ଫ୍ରେଣ୍ଡସ୍ ଏମ୍ପୋରିଆଲ, ଫ୍ରେଣ୍ଡସ୍ ଡ଼ିପାଟମେଂଟାଲ, ଫ୍ରେଣ୍ଡସ୍ ୟୁଟିଲିଟି ଓ ଫ୍ରେଣ୍ଡସ୍ ଗାର୍ମେଂଟ ଆଦି ୫-ଟି ବ୍ୟବସାୟ ପ୍ରତିଷ୍ଠାନରେ ଥିବା ଷ୍ଟେସନାରୀ ଓ ଗିଫ୍ଟ ସାମଗ୍ରୀ, କପଡ଼ା, ଇଲେକ୍ଟ୍ରୋନିକ୍ସ ସାମଗ୍ରୀ, ଫ୍ରିଜ୍, ଟିଭି, ମୋବାଇଲ ଆଦି ସମସ୍ତ ଜିଲିଷପତ୍ର ସହ ଆସବାବପତ୍ର ପୋଡ଼ି ସମ୍ପୂର୍ଣ୍ଣ ନଷ୍ଟ ହେବା ସହିତ ସପିଂ ମଲ୍ କୋଠାଟି ପୋଡ଼ି ଯାଇଥିଲା । ଫଳରେ ମଲରେ ଥିବା ରତନ ରାମ, ମନୋହର ରାମ, ଉମେଶ ରାମ, ଅଜୟ ରାମ ଓ ରିତେଶ ରାମ ପ୍ରମୁଖ ବ୍ୟବସାୟୀମାନଙ୍କର ପ୍ରାୟ ୨ କୋଟିରୁ ଅଧିକ ମୂଲ୍ୟର ଜିନିଷପତ୍ର ଓ ଆସବାବପତ୍ରଗୁଡ଼ିକ ଆଖି ସମ୍ମୁଖରେ ପୋଡ଼ି ପାଉଁଶ ପାଲଟି ଯାଇଥିଲା ।

# ବାଂଶପାଣି ରେଲସାଇଡିଂରେ ୨ ଗୋଷ୍ଠୀ ସଂଘର୍ଷ ଘଟଣାରେ ମାଷ୍ଟର ମାଇଣ୍ଡ ଫେରାର ଡାମେଜ କଟ୍ରୋଲ ପାଇଁ କଲେଜ ର ଭଣଜାକୁ ଗିରଫ କଲା ପୋଲିସ

ଯୋଡ଼ା(ପିଏନ)-କେନ୍ଦୁଝର ଜିଲ୍ଲା ଯୋଡା ଥାନା ଅନ୍ତର୍ଗତ ବାଂଶପାଣି ରେଳ ସାଇଡିଂ ଠାରେ ଗତ ସେପ୍ଟେମ୍ବର ମାସ ୧୨ ତାରିଖ ଦିନ ଲୁହା ପଥର ପରିବହନକୁ ନେଇ ଘଟିଯାଇଥିବା ଗୋଷ୍ଠୀ ସଂଘର୍ଷ ଘଟଣାରେ ଅଭିଯୁକ୍ତଙ୍କୁ ଆମିର ହୁସେନକୁ (୩୦) ଯୋଡା ଥାନା ପୋଲିସ ସୋମବାର ମଧ ରାତ୍ରୀରେ ଗିରଫ କରି କେଶ ନଂ ୧୩୦/ ୨୦୨୦ ଦଫା ୧୪୭/୧୪୮/ ୪୫୨/୩୨୩/୩୨୫/୪୩୬/ ୪୨୭/୩୦୭/୫୦୬/୧୪୭ ଆଇପିସି ଧାରରେ ମାମଲା ରଜୁ କରି ମଙ୍ଗଳବାର କୋର୍ଟ ଚାଲାଣ କରିଥିବା ଖବର ହସ୍ତଗସ୍ତ ହୋଇଛି । ସ୍ଥାନୀୟ ଅଧୀବାସୀଙ୍କ ଠାରୁ ପ୍ରକାଶ ଯେ ଆମିର ହୁସେନର ମାମୁଁ ଏମଡି ଫିରୋଜ ଅହମ୍ମଦ ଓରଫ କଲେଜ ସିଧାସଳଖ ଭାବେ ଏହି ଘଟଣାରେ ଗଣ୍ଡଗୋଳ ଏବଂ ଆକ୍ରମଣ ଘଟଣାରେ ସମ୍ପୃକ୍ତ ଥିଲେ ମଧ୍ୟ ଯୋଡା ଥାନା ପୋଲିସ କଲେଜଙ୍କ ଉପରେ ଅହେତୁକ ଅନୁକମ୍ପା ଦେଖାଉଥିବା ମନେ ହୁଏ । ଏକଦା ତ କାଳୀନ ବଡବିଲ ଏସଡିପିଓ ରାଜେଶ ପଣ୍ଡିତଙ୍କର ଅତ୍ୟନ୍ତ ଅନୁମତ ଭାବେ ପ୍ରଚାର କରି ନିଜ ଇଛା ମୁତାବକ ବିଭିନ୍ନ ଖଣି ସଂସ୍ଥାରୁ କାର୍ଯ୍ୟ ନେବା ଏବଂ ସ୍ଥାନୀୟ ଅ ଳର ଜନସାଧାରଣ ନାମରେ ପୋଲିସକୁ ମିଥ୍ୟା ତଥ୍ୟ ଯୋଗାଇ ପୋଲିସର ଇନ୍‌ଫର୍ମ ସାଜି କଲେଜ କୋଟି କୋଟି ଟଙ୍କା ମୁନଫା କରିଥିବା ସାଧାରଣରେ ଚର୍ଚ୍ଚା ହୁଏ । ପିଲେଟ ଚୋରି ଠାରୁ ଆରମ୍ଭ କରି ବାଂଶପାଣି ୟୁନାଇଟେଡ୍ କ୍ରସର ଘଟଣାରେ ଗିରଫ କରାଇବା ସହିତ ମୁକେଶ ସିଂଙ୍ଗାନିଆ ଙ୍କୁ ଗିରଫ ଘଟଣାକୁ ଅନୁଧ୍ୟାନ କଲେ ଜଣାଯାଏ ଯେ କଲେଜ ନିଜ ସ୍ୱାର୍ଥ ସାଧାରଣ ନିମନ୍ତେ ପୋଲିସକୁ ହାତ ବାରିସ କରି ବ୍ୟବହାର କରୁଥିଲା । ପୋଲିସର ଧମକ ଚମକ ଦେଇ କାମ ହାତଇବା ସହିତ ଯେ କେହିବି ତାଙ୍କ ସ୍ୱାର୍ଥରେ ବାଧା ସୃଷ୍ଟି କରୁଥିଲେ ତାଙ୍କୁ ଜେଣେ ତେଣେ ପ୍ରକାରଣେ ପୋଲିସ ସହାୟତା ନେଇ ଗିରଫ କରାଇ ଯୋଡା ଅ ଳରେ ଭୟର ବା ାବରଣ ସୃଷ୍ଟି କରୁଥିଲେ । ଘଟଣା ଦିନ ବାଂଶପାଣି ସାଇଡିଂରେ ବିବାଦର ସୂତ୍ରପାପ୍ତ ଏବଂ ଆକ୍ରମଣର ମାଷ୍ଟର ମାଇଣ୍ଡ କଲେଜ ଥିବା ନେଇ ଫିରୋଜ ମହମ୍ମଦ ଓରଫ କଲେଜ ଥିବା ନେଇ ଯଥେଷ୍ଟ ପ୍ରମାଣ ମିଳୁଥିଲେ ମଧ ଯୋଡା ଥାନା ପୋଲିସ ଏଜାବତ କଲେଜକୁ କାହିଁକି ଗିରଫ କରିନାହିଁ ତାକୁ ନେଇ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହେଉଛି । କଲେଜ ର ଭଣଜା କୁ ଗିରଫ କରିଥିବା ବେଳେ ମାଷ୍ଟର ମାଇଣ୍ଡ କଲେଜ ଫେରାର ଥିବା ପୋଲିସର ସ୍ୱଚ୍ଛତା ଉପରେ ଆଙ୍ଗୁଳି ନିର୍ଦ୍ଦେଶ କରୁଛି । କଲେଜ ଭଳି ଜଣେ ସାଧାରଣ ଲୋକ ଏତେ ଶିଘ୍ର ପୋଲିସର ଆସ୍ଥାଭାଜନ କିପରି ହୋଇପାରିଲା ଏବଂ ଏଜାବତ ତାର କାର୍ଯ୍ୟକଳାପ ପୋଲିସ ରାଡାରକୁ ନଆସିବା ଘଟଣା ସମସ୍ତଙ୍କୁ ଚକିତ କରିଛି । କଲେଜ ଉପରେ ବାରମ୍ବାର ଆଙ୍ଗୁଳି ନିର୍ଦ୍ଦେଶ ହେଉଥିଲେ ମଧ ପୋଲିସ କେଉଁ ସ୍ୱାର୍ଥକୁ ଆଖି ଆଗରେ ରଖି ତାକୁ ଗିରଫ କରୁନଥିବା ବେଳେ ତାଙ୍କ ଭଣଜା ଆମରି ହୁସେନ ପୂର୍ବରୁ ବାଂଶପାଣି ରେଳ ସାଇଡିଂରେ ଆଇରନ ପିଲେଟ ଚୋରି ଘଟଣାରେ ଜେଲ ଯାଇଥିବା ଜଣାପଡିଛି । ଏହି ଘଟଣାରେ କେନ୍ଦୁଝର ଜିଲ୍ଲା ଏସପି ହସ୍ତକ୍ଷେପ କରିବାକୁ ସାଧାରଣରେ ଦାବି ହେଉଛି ।

# ଜନଶକ୍ତି ପାର୍ଟି ପକ୍ଷରୁ ରାଜ୍ୟପାଳଙ୍କ ଉଦ୍ଦେଶ୍ୟରେ ସ୍ମାରକ ପତ୍ର

କେନ୍ଦ୍ରାପଡା (ପିଏନ)- ଜନଶକ୍ତି ପାର୍ଟି ପକ୍ଷରୁ କରୋନା ମହାମାରୀ ସମୟରେ ରାଜ୍ୟରେ ସ୍ୱାସ୍ଥ୍ୟସେବା ବିପର୍ଯ୍ୟସ୍ତ ହୋଇ ପଡିଥିବା ଅଭିଯୋଗ କରାଯାଇଛି । ଉଦାହରଣ ସ୍ବରୁପ କେନ୍ଦ୍ରାପଡା ସରକାରୀ ଡାକ୍ତରଖାନାରେ ୬୨ ଟି ଡାକ୍ତର ପଦବୀ ମଧ୍ୟରୁ ମାତ୍ର ୨୩ ଜଣ ଡାକ୍ତର ଅଛନ୍ତି । ଅନେକ ସମୟରେ ଡାକ୍ତରମାନେ ବେସରକାରୀ ଭାବେ ଚିକିତ୍ସା କରୁଥିବାରୁ ଗରିବ ଅସହାୟ ଲୋକ ମାନଙ୍କୁ ପ୍ରକୃତ ଚିକିତ୍ସା କରାନଯାଇ କଟକ ବଡ ଡାକ୍ତରଖାନାକୁ ପଠାଇ ଦିଆଯାଉଛି । ଗରିବ ଲୋକଟି ଆମ୍ବୁଲାନସ ସୁବିଧାରୁ ମଧ୍ୟ ବଂଚିତ ହେଉଛି । ସେହିପରି କେନ୍ଦ୍ରାପଡା ସରକାରୀ ଡାକ୍ତରଖାନାରେ ପର୍ଯ୍ୟାପ୍ତ ସଂଖ୍ୟକ ବେଡ ନାହିଁ ଏବଂ ଯାହା କିଛି ଅଛି ତାହା ସମ୍ପୂର୍ଣ୍ଣ ଭାବେ ପୁରୁଣା ଓ ନଷ୍ଟ ହୋଇ ଯାଇଛି । ୨.୯୦ କି.ମି ବାଟ ଟ୍ରଲିରେ ବୁହା ହୋଇ ଆସିଥିବା ଅସହାୟ ମହିଳାଙ୍କ ମୃତ୍ୟୁର ପ୍ରକୃତ ତଦନ୍ତ କରାଗଲେ ଓଡିଶାରେ ସ୍ୱାସ୍ଥ୍ୟସେବାର ପ୍ରକୃତ ଚିତ୍ର ପଦାକୁ ଆସିପାରିବ । ସେହି ପରିବାରର ଜଣଙ୍କୁ ସରକାରୀ ଚାକିରୀ ପ୍ରଦାନ କରାଯାଉ । ଓଡିଶାରେ ବିଭିନ୍ନ ଖାଉଟି ସାମଗ୍ରୀ ଓ ପନିପରିବାର ଅହେତୁକ ଦର ବୃଦ୍ଧି ଜନ ସମାଜକୁ ବ୍ୟଥିତ କରୁଛି । ଏହାର ନିରାକରଣ ନିମନ୍ତେ ଉଚିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉ ବୋଲି ଜନଶକ୍ତି ପାର୍ଟି ପକ୍ଷରୁ ଦାବୀ କରାଯାଇଛି । ଜନଶକ୍ତି ପାର୍ଟିର ରାଜ୍ୟ ସଭାପତି ଆଡଭୋକେଟ ପ୍ରଦୀପ କୁମାର ଦାଶ ରାଜ୍ୟପାଳଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକ ପତ୍ର ସହକାରୀ ଜିଲ୍ଲାପାଳ ଶିବ ମଲ୍ଲିକଙ୍କୁ ପ୍ରଦାନ କରିଛନ୍ତି ।

# ଚୋରୀ ମାମଲାରେ ଜିଲ୍ଲା ପୋଲିସର ସ୍ୱତନ୍ତ୍ର ସ୍କ୍ୱାର୍ଡ ଜଣଙ୍କୁ ଉଠାଇନେଇଛି

କେନ୍ଦ୍ରାପଡା, (ପିଏନ)- କେନ୍ଦ୍ରାପଡା ସହରର ସଟରତାଡି ଚୋରୀ କରିବା ଓ ମହିଳା ବିଜେଡି ସଭାନେତ୍ରୀଙ୍କ ଘରୁ ଝରକା ରେଲିଂ ତାଡି ଚୋରୀ କରିବା ଘଟଣାରେ ଜିଲ୍ଲା ପୋଲିସର ସ୍ୱତନ୍ତ୍ର ସ୍କ୍ୱାର୍ଡ ଜଣଙ୍କୁ ସନ୍ଦେହରେ ଉଠାଇ ନେଇ କୌଣସି ଏକ ଅଜଣା ସ୍ଥାନରେ ରଖି ପଚରାଉଚୁରା କରୁଥିବା ଜଣାପଡିଛି । ପୋଲିସ ଉଠାଇ ନେଇଥିବା ସଂପୃକ୍ତ ବ୍ୟକ୍ତି ହେଉଛନ୍ତି ଟାଉନ ଥାନା ଅନ୍ତର୍ଗତ ରଣପଡା ଗ୍ରାମର ସେକ ବାବୁ ।

# ଓଡ଼ିଶା ସରକାରଙ୍କ ବିଶ୍ୱବିଦ୍ୟାଳୟ ସଂସ୍କାର ବିରୋଧରେ ପ୍ରଧାନମନ୍ତ୍ରୀଙ୍କୁ ସ୍ମାରକପତ୍ର ପ୍ରଦାନ

ବାରିପଦା, (ପିଏନ)- ଓଡ଼ିଶାରେ ବିଶ୍ୱବିଦ୍ୟାଳୟଗୁଡ଼ିକରେ ସଂସ୍କାର ଆଣିବା ନିମନ୍ତେ ଗତ ସେପ୍ଟେମ୍ବର ୪ରେ ପ୍ରକାଶିତ ଅଧ୍ୟାଦେଶ ସଂଖ୍ୟା ୮୨୧୯-ଆଇ-ଲେଗିସି- ୩୫/ ୨୦୨୦/ ଏଲକୁ ବିରୋଧ କରି ମୟୂରଭଞ୍ଜ ସିଟିଜେନ ଫୋରମ୍, ମୟୂରଭଞ୍ଜ ସାହିତ୍ୟ ପରିଷଦ ପ୍ରମୁଖ ସଙ୍ଗଠନ ସହ ଜିଲ୍ଲାର ବୁଦ୍ଧିଜୀବୀଗଣ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ଦୃଷ୍ଟି ଆକର୍ଷଣ ନିମନ୍ତେ ଏକ ସ୍ମାରକପତ୍ର ପ୍ରଦାନ କରିଛନ୍ତି । ପ୍ରକାଶିତ ଅଧ୍ୟାଦେଶ ଅନୁଯାୟୀ ରାଜ୍ୟରେ ଥିବା ସମସ୍ତ ବିଶ୍ୱବିଦ୍ୟାଳୟଗୁଡ଼ିକରେ ଶିକ୍ଷକ ନିଯୁକ୍ତି ଏଣିକି ବିଶ୍ୱବିଦ୍ୟାଳୟ ସ୍ତରରେ କୁଳପତିଙ୍କ ଅଧ୍ୟକ୍ଷତାରେ ନହୋଇ ଓଡ଼ିଶା ପବ୍ଲିକ ସର୍ଭିସ୍ କମିଶନଙ୍କ ଦ୍ୱାରା କରାଯିବ । ଯାହାକୁ ନେଇ ବିବାଦ ଦେଖାଦେଇଛି । ବିଶ୍ୱବିଦ୍ୟାଳୟ ଏକ ସ୍ୱୟଂଚାଳିତ ଶିକ୍ଷା ଅନୁଷ୍ଠାନ । ଉହା ଉଭୟ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ଆର୍ଥିକ ସହଯୋଗରେ ପରିଚାଳିତ ହୋଇଥାଏ । ଏହାର ଆସିଷ୍ଟାଂଟ ପ୍ରଫେସର, ଆସୋସିଏଟ ପ୍ରଫେସର, ପ୍ରଫେସର ନିଯୁକ୍ତି ପ୍ରକ୍ରିୟା ଭାରତ ସରକାରଙ୍କ ସ୍ୱତନ୍ତ୍ର ଅନୁଷ୍ଠାନ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ(ୟୁଜିସି)ର ନିର୍ଦ୍ଦିଷ୍ଟ ନୀତି, ମାର୍ଗଦର୍ଶୀକା ଅନୁଯାୟୀ ହୋଇଥାଏ । ସେହିପରି ବିଶ୍ୱବିଦ୍ୟାଳୟଗୁଡ଼ିକରେ ଶିକ୍ଷକମାନଙ୍କର ଚାକିରୀରୁ ଅବସର, ପଦୋନ୍ନତି, ପରିତ୍ୟାଗ, ବୀଦେଶ ଗମନ, ଅନ୍ୟ ବିଶ୍ୱବିଦ୍ୟାଳୟରେ ଯୋଗଦାନ ଆଦି କାରଣରୁ ପ୍ରତ୍ୟେକ ବର୍ଷ ବହୁ ପଦବୀ ଖାଲିପଡ଼ିଥାଏ । ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ ନୀତି ଓ ମାର୍ଗଦର୍ଶୀକା ଅନୁଯାୟୀ ସମ୍ପୃକ୍ତ ବିଶ୍ୱବିଦ୍ୟାଳୟରେ କୁଳପତିଙ୍କ ଅଧ୍ୟକ୍ଷତାରେ ପରିଚାଳିତ ଶିକ୍ଷକ ନିଯୁକ୍ତି ଚୟନ କମିଟି ତତ୍କାଳ ଏହାର ନିଯୁକ୍ତି ପ୍ରକ୍ରିୟା ଶେଷ କରି ବିଶ୍ୱବିଦ୍ୟାଳୟର ଶୈକ୍ଷିକ ଓ ଗବେଷଣା ବାତାବରଣକୁ ରକ୍ଷା କରିପାରିଥାଏ । ବିଶ୍ୱବିଦ୍ୟାଳୟ ସମାଜର ସର୍ବୋଚ୍ଚ ସମ୍ମାନୀୟ ଜ୍ଞାନ ଓ ଗବେଷଣାର ପବିତ୍ର କ୍ଷେତ୍ର ହୋଇଥିବା ସମୟରେ କୁଳପତି ମଧ ସର୍ବୋଚ୍ଚ ସମ୍ମାନୀୟ ବ୍ୟକ୍ତି ଅଟନ୍ତି । ବିଶ୍ୱବିଦ୍ୟାଳୟମାନଙ୍କରେ ଶିକ୍ଷକ ନିଯୁକ୍ତି ପ୍ରକ୍ରିୟା ଓଡ଼ିଶା ପବ୍ଲିକ ସାର୍ଭିସ କମିଶନଙ୍କ ଦ୍ୱାରା ପରିଚାଳିତ ହେଲେ ଖୋଲା ଖୋଲି ଭାବରେ ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ(ୟୁଜିସି)ର ଶିକ୍ଷକ ନିଯୁକ୍ତି ପ୍ରକ୍ରିୟାର ନୀତି ଓ ମାର୍ଗଦର୍ଶୀକାକୁ ଉଲ୍ଲଙ୍ଘନ କରାଇବ । ପୁଣି ଓପିଏସସି ଦ୍ୱାରା ନିଯୁକ୍ତି ପ୍ରକ୍ରିୟା ଶେଷ କରିବା ଅସମ୍ଭବ ଅଟେ । ଫଳରେ ଶିକ୍ଷକ ଅଭାବ ଜନିତ ପରିସ୍ଥିତି ହେତୁ ବିଶ୍ୱବିଦ୍ୟାଳୟର ଶୈକ୍ଷିକ ଓ ଗବେଷଣା କ୍ଷେତ୍ରରେ ବିଭିନ୍ନ ସମସ୍ୟା ସୃଷ୍ଟିହେବା ସାଙ୍ଗକୁ ଅଶାନ୍ତ ବାତାବରଣର କାରଣ ପାଲଟି ଯିବ । ପୁଣି କୁଳପତି ପରି ସର୍ବୋଚ୍ଚ ପଦବୀର ଅମର୍ଯ୍ୟାଦା ହୋଇ ତାହା ପ୍ରଶାସନ ଓ ଅମଲାତନ୍ତ୍ରର ଖେଳନା ହୋଇଯିବ । ଏଥି ସହିତ ବିଶ୍ୱବିଦ୍ୟାଳୟର ଚରମ ଅଧୋଗତି ହେବ ବୋଲି ଦର୍ଶାଇ ମୟୁରଭଞ୍ଜ ସିଟିଜେନ ଫୋରମ ସଭାପତି ପୂର୍ଣ୍ଣଚନ୍ଦ୍ର ବୁଗୁଡ଼େଇ, ଓଡ଼ିଆ ଜାଗରଣ ମଂଚର ସଭାପତି ଶରତ ଚନ୍ଦ୍ର ନାୟକ, ମୟୂରଭଞ୍ଜ ସାହିତ୍ୟ ପରିଷଦର ସଭାପତି ପଦ୍ମନାଭ ସାହୁ ପ୍ରମୁଖଙ୍କ ସମେତ ଜିଲ୍ଲାରୁ ବହୁ ମାନ୍ୟଗଣ୍ୟ ବ୍ୟକ୍ତି, ବୁଦ୍ଧିଜୀବୀ ସ୍ୱାକ୍ଷର ସମ୍ବଳିତ ଏକ ସ୍ମାରକପତ୍ର ପ୍ରଧାନମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ପ୍ରଦାନ କରିଥିବା ବେଳେ ଏହାର ନକଲ ଭାରତ ସରକାରଙ୍କ ଶିକ୍ଷାମନ୍ତ୍ରୀ, ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗର ଚେୟାରମ୍ୟାନ ଓ ସେକ୍ରେଟେରୀ, ଓଡ଼ିଶା ରାଜ୍ୟପାଳ, ମୁଖ୍ୟମନ୍ତ୍ରୀ, ଓଡ଼ିଶା ସରକାରଙ୍କ ଉଚ୍ଚଶିକ୍ଷା ମନ୍ତ୍ରୀ, ମୟୂରଭଞ୍ଜ ଲୋକସଭା ସାଂସଦ ପ୍ରମୁଖଙ୍କୁ ପ୍ରଦାନ କରାଯାଇଛି ।

# ବିଜୁଳି ଓ ରାସ୍ତାରୁ ବଂଚିତ ଚନ୍ଦନପୁର ଜେନାସାହି ଗ୍ରାମବାସୀ

## ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଆଗରେ ଧାରଣା ଦେବାକୁ ଚେତାବନୀ

କେନ୍ଦ୍ରାପଡା, (ପିଏନ)- ସ୍ୱାଧିନତାର ୭୪ ବର୍ଷ ପରେ ମଧ ଗ୍ରାମବାସୀ ମାନେ ଗାଁକୁ ଯିବାକୁ ରାସ୍ତା ପାଉ ନଥିବା ବେଳେ ଗ୍ରାମ୍ୟ ବିଦ୍ୟୁତକରଣ ଯୋଜନା ସାତ ସପନ ହୋଇ ରହିଛି । ରାସ୍ତା ନଥିବାରୁ ବର୍ଷ ସାରା ପାଣି କାଦୁଅରେ ପଶି ବିଲ ଭିତରେ ନିଜ ଘରକୁ ଯାଉଥିବା ଭଳି ଏକ ବାସ୍ତବ ଚିତ୍ର କେନ୍ଦ୍ରାପଡା ବ୍ଲକ ଅଧିନ କଂସାର ପଂଚାୟତର ଚନ୍ଦନପୁର ଗ୍ରାମର ଜେନାସାହିରେ ଦେଖିବାକୁ ମିଳୁଛି । ଚନ୍ଦନପୁର ଗ୍ରାମର ପଡା ଗ୍ରାମରେ ରହୁଥିବା ପ୍ରାୟ ୨୦ଟି ପରିବାର ରାସ୍ତା ଓ ଆଲୋକ ପାଇଁ ଅଭିଶପ୍ତ ଜୀବନ ବିତାଉଥିବା ଗ୍ରାମବାସୀ ମାନେ ଅଭିଯୋଗ କରିଛନ୍ତି । କେନ୍ଦ୍ରାପଡା ଟାଉନରୁ ମାତ୍ର ୭ କିମି ଦୂରରେ ଅବସ୍ଥିତ ଏହି ଗ୍ରାମର ଅବସ୍ଥା ଆଖିରେ ନଦେଖିଲେ ବିଶ୍ୱାସ କରିହେବ ନାହିଁ । ନିର୍ବାଚନ ସମୟରେ ଭୋଟ୍ ପାଇଁ ପ୍ରଚାର କରିବାକୁ ଆସୁଥିବା ନେତା ମାନେ ରାସ୍ତା ଏବଂ ଆଲୁଅ ଯୋଗାଇ ଦେବା ପାଇଁ ପ୍ରତିଥର ଗ୍ରାମବାସୀଙ୍କୁ ପ୍ରତିଶୃତି ଦେଉଥିଲେ ମଧ ଏପର୍ଯ୍ୟନ୍ତ ତାହା ପାଣିର ଗାର ହୋଇ ରହିଛି । ସ୍ଥାନୀୟ ସରପଂଚ ପ୍ରଦ୍ୟୁମ୍ନ ଜେନା ଏହି ସମସ୍ୟାର ସମାଧାନ ପାଇଁ ବାରମ୍ବାର ଉଦ୍ୟମ କରିଥିଲେ ମଧ ବ୍ଲକ ପ୍ରଶାସନ, ଜିଲ୍ଲା ପ୍ରଶାସନ ଓ ବିଦ୍ୟୁତ୍ ବିଭାଗର ଅସହଯୋଗ କାରଣରୁ ସ୍ଥାନୀୟ ବାସିନ୍ଦା ଦହଗଞ୍ଜ ଭୋଗୁଥିବା ଜଣାପଡିଛି । ଏହି ଗ୍ରାମରେ ରହୁଥିବା ପ୍ରାୟ ୨୦ ଘର ଦଳିତ ସଂପ୍ରଦାୟର ପରିବାର ନିଜର ମୌଳିକ ସୁବିଧା ପାଇବା ପାଇଁ ଆପତି ଅଭିଯୋଗ କଲେ ମଧ କେହି ଶୁଣିବାକୁ ନାହାନ୍ତି । ନିର୍ବାଚିତ ପ୍ରତିନିଧି ମାନେ ଭୋଟ୍ ପାଇବା ପରେ ଦ୍ୱିତୀୟ ଥର ପାଇଁ ଗାଁ ଭିତରେ ପାଦ ପକାଉ ନଥିବା ଗ୍ରାମବାସୀ ମାନେ ଅଭିଯୋଗ କରିଛନ୍ତି । ଏହି ଗ୍ରାମବାସୀ ମାନଙ୍କୁ ଯାତାୟତ ପାଇଁ ରାସ୍ତା, ଆଲୋକ ଓ ପାନୀୟ ଜଳ ଯଥା ଶିଘ୍ର ପ୍ରଶାସନ ପକ୍ଷରୁ ଯୋଗାଇ ଦିଆ ନଗଲେ ଏହି ଦଳିତ ସଂପ୍ରଦାୟର ବ୍ୟକ୍ତିମାନେ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଆଗରେ ଧାରଣାରେ ବସିବେ ବୋଲି ଚେତାବନୀ ଦେଇଛନ୍ତି ।



୨୬ତମ ପ୍ରତିଷ୍ଠା ଦିବସ ସମାରୋହ
ଖେଳ
ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ
# ପର୍ଯ୍ୟବେକ୍ଷକ
Bhubaneswar Thursday September 12 2024 ଭୁବନେଶ୍ୱର ଗୁରୁବାର, ସେପ୍ଟେମ୍ବର ୧୨,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com


## କିମ୍ସରେ ବିଶ୍ୱ ଆତ୍ମହତ୍ୟା ନିରୋଧ ଦିବସ ପାଳିତ




ଭୁବନେଶ୍ୱର,(ପି.ଏନ): ଆତ୍ମହତ୍ୟା ପ୍ରତିରୋଧ ଦିଗରେ ସଚେତନତା ସୃଷ୍ଟି କରିବା ପାଇଁ କିମ୍ସ ମାନସିକ ରୋଗ ବିଭାଗ ପକ୍ଷରୁ ମଙ୍ଗଳବାର ବିଶ୍ୱ ଆତ୍ମହତ୍ୟା ନିବାରଣ ଦିବସ ଆୟୋଜିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ଆତ୍ମହତ୍ୟା ପ୍ରବୃତ୍ତିକୁ ଚିହ୍ନଟ କରିବା ଓ ମାନସିକ ସ୍ୱାସ୍ଥ୍ୟ ଚିକିତ୍ସାର ଆହ୍ୱାନ ଉପରେ ଗୁରୁତ୍ୱାରୋପ କରାଯାଇଥିଲା । ଚଳିତବର୍ଷର ବିଷୟବସ୍ତୁ ଥିଲା 'କୋମ୍ବାଟିଂ ଷ୍ଟିଗ୍ମା: ଚେଞ୍ଜିଂ ଦ ନେରେଟିଭ ଅନ୍ ସୁଇସାଇଡ୍' । ଏହି ଅବସରରେ ଆଲୋଚନାରେ ଅଂଶଗ୍ରହ କରି ଅତିଥି ଓ ବିଶେଷଜ୍ଞମାନେ ଆତ୍ମହତ୍ୟାର ବିଭିନ୍ନ କାରଣ ଓ ନିରାକରଣ ଉପରେ ଆଲୋକପାତ କରିଥିଲେ । ସେହିସବୁ ଲକ୍ଷଣମାନ ପ୍ରକାଶ ପାଇଲେ ତୁରନ୍ତ ଉକ୍ତ ବ୍ୟକ୍ତି ପ୍ରତି ଧ୍ୟାନ ଦିଆଯିବା ଉଚିତ ବୋଲି ସେମାନେ କହିଥିଲେ । ଆଲୋଚନାରେ ଅଂଶଗ୍ରହଣ କରି କିମ୍?ସ ପରାମର୍ଶଦାତା ଡ. ଆର ଏନ୍ ସାମନ୍ତ କହିଲେ, ଆତ୍ମହତ୍ୟାକୁ ରୋକିବାରେ ପିତାମାତାଙ୍କୁ ସେମାନଙ୍କ ପିଲାମାନଙ୍କ ଜୀବନରେ ଅଧିକ ବନ୍ଧୁତ୍ୱପୂର୍ଣ୍ଣ ତଥା ସହାୟକ ଭୂମିକା ଗ୍ରହଣ କରିବାକୁ ପଡିବ । କିମ୍ସ ମେଡିକାଲ୍ କଲେଜ ଅଧୀକ୍ଷକ ଡା. ଆର୍ ସି ଦାସ କହିଲେ, ଶୂନ୍ୟ-ଆତ୍ମହତ୍ୟା ପରିବେଶକୁ ସୁନିଶ୍ଚିତ କରିବା ସହ ସମ୍ପର୍କକୁ ଆହୁରି ମଜଭୂତ କରିବାକୁ ହେବ ।ଏହି ଅବସରରେ ଆତ୍ମହତ୍ୟାର ସମ୍ଭାବନା ବଢ଼ାଉଥିବା କାରଣଗୁଡିକ ଉପରେ ମଧ୍ୟ ଆଲୋଚନା କରାଯାଇଥିଲା । ଏଥିରେ ଶୈକ୍ଷିକ ଚାପ, ମାନସିକ ସ୍ୱାସ୍ଥ୍ୟାବସ୍ଥା, ଅତୀତର ଆଘାତ, ସାମାଜିକ ସମର୍ଥନ ଅଭାବ ଏବଂ ପଦାର୍ଥର ଅପବ୍ୟବହାର ଅନ୍ତର୍ଭୁକ୍ତ ଆଦି ଉପରେ ଆଲୋଚନା କରାଯାଇଥିଲା । ଏହି କାରଣଗୁଡିକ ପ୍ରାୟତଃ ବ୍ୟକ୍ତିବିଶେଷ, ବିଶେଷ କରି ଛାତ୍ରଛାତ୍ରୀଙ୍କୁ ଅସୁରକ୍ଷିତ ଅବସ୍ଥାରେ ରଖୁଥିବାରୁ ଏହାର ପ୍ରତିରୋଧ ପାଇଁ ସେହି ସମସ୍ୟାଗୁଡିକର ସମାଧାନ କରିବା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ବୋଲି ବିଶେଷଜ୍ଞମାନେ ମତ ଦେଇଥିଲେ । କିମ୍ସ ମେଡିକାଲ୍ କଲେଜ ଉପାଧ୍ୟକ୍ଷ ଡା. ଶୁଭ୍ରାଂଶୁ ପାତ୍ର କହିଲେ, ଶାରୀରିକ ସ୍ୱାସ୍ଥ୍ୟ ଭଳି ମାନସିକ ସ୍ୱାସ୍ଥ୍ୟ ମଧ୍ୟ ଗୁରୁତ୍ୱପୂର୍ଣ୍ଣ ।କିମ୍ସ ମନସ୍ତତ୍ତ୍ୱ ବିଭାଗର ମୁଖ୍ୟ ଡା. ସୁଦୀପ କୁମାର ଦାସ କହିଲେ, ଯଦି କେହି ବାରମ୍ବାର ହତାଶା ଭାବର ସମ୍ମୁଖୀନ ହୁଏ, ତେବେ ତାଠାରେ ସାଧାରଣତଃ ଏହି ପ୍ରବଣତା ପ୍ରକାଶ ପାଇଥାଏ । ଆତ୍ମହତ୍ୟା ପ୍ରବଣ ଏକ ମାନସିକ ସସସ୍ୟା ନୁହେଁ, ବରଂ ଏକ ସାମାଜିକ ଓ ସାଂସ୍କୃତିକତ ସମସ୍ୟା ବୋଲି ଡା. ଦାସ କହିଥିଲେ । ବିଭାଗୀୟ ପ୍ରଫେସର ଡା ଜୟପ୍ରକାଶ ରାବଣ କହିଲେ, ଥରେ କେହି ଆତ୍ମହତ୍ୟା କରିବାକୁ ସ୍ଥିର କରିସାରିବା ପରେ ଏହାର ଜଟିଳତାକୁ ଦର୍ଶାଇ ଏଥିରେ ହସ୍ତକ୍ଷେପ କରିବା କଷ୍ଟସାଧ୍ୟ ହୋଇଥାଏ ।ଅନ୍ୟମାନଙ୍କ ମଧ୍ୟରେ ସହକାରୀ ପ୍ରଫେସର ଜିଜ୍ଞାସା ପଟ୍ଟନାୟକ ଓ ଆସୋସିଏଟ୍ ପ୍ରଫେସର ଡା. ପ୍ରଣବ ମହାପାତ୍ର ମଧ୍ୟ ଏହା ଉପରେ ସେମାନଙ୍କର ମତ ରଖିଥିଲେ ।

## ମୁଣ୍ଡା ଗାଁ ର ସୁଶାନ୍ତ ଠାକୁର ଟାଙ୍ଗି ରେ ଆକ୍ରମଣ ଘଟଣା ତିନି ଅଭିଯୁକ୍ତ କୋର୍ଟ ଚାଲାଣ

ଭବାନୀପାଟଣା,(ପି.ଏନ):ମଙ୍ଗଳ ବାର ସକାଳ ୭ ଘଣ୍ଟା ସମୟରେ ନର୍ଲା ଥାନା ଅନ୍ତର୍ଗତ ମୁଣ୍ଡା ଗାଆଁ ର ସୁଶାନ୍ତ ଠାକୁର ୪୦ ବର୍ଷୀୟ ଯୁବକ ନିକଟସ୍ଥ ଦୋକାନକୁ ସାମଗ୍ରୀ କିଣିବା ପାଇଁ ଯାଉଥିବା ବେଳେ କୌଣସି କଥା କୁ ନେଇ ଚୈତନ୍ୟ ପାତ୍ର ,ଯୁବରାଜ ପାତ୍ର ଅନିଲ ପାତ୍ର, ଧନୁ ପାତ୍ର ଙ୍କ ସହିତ ଯୁକ୍ତିତର୍କ ହୋଇଥଲା ଏଥିରେ ଉତ୍ୟକ୍ତ ହୋଇ ଚୈତନ୍ୟ ପାତ୍ର ଏକ ଟାଙ୍ଗୀ ସାହାଯ୍ୟରେ ଆକ୍ରମଣ କରିଥିଲେ ଆକ୍ରମଣ ରେ ଶୁଶାନ୍ତ ଙ୍କ ମୁଣ୍ଡରେ ଗଭୀର ଆଘାତ ଲାଗିଥିବା ବେଳେ ଘଟଣା ସ୍ଥଳରୁ ଚାରିଜଣ ବ୍ୟକ୍ତି ଫେରାର ହୋଇଥିବା ବେଳେ ଗୁରୁତର ଅବସ୍ଥାରେ ଶୁଶାନ୍ତ କୁ ଉଦ୍ଧାର କରି ନର୍ଲା ମେଡ଼ିକାଲ୍ କୁ ଆଣି ପ୍ରାଥମିକ ଚିକିତ୍ସା କରିବା ପରେ ତୁରନ୍ତ ଆମ୍ବୁଲାନ୍ସ ଯୋଗେ ଭବାନୀପାଟଣା ସ୍ଥିତ ମେଡ଼ିକାଲ କୁ ପଠାଇ ଦିଆଯାଇଥିଲା ଏ ନେଇ ଶୁଶାନ୍ତ ଙ୍କ ଭାଇ ମଙ୍ଗବାର ରାତ୍ର ଆଠ ଘଣ୍ଟା ସମୟରେ ଥାନାକୁ ଆସି ଚାରିଜଣ ଙ୍କ ନାମରେ ଅଭିଯୋଗ କରୁଥିଲା ଅଭିଯୋଗ ପାଇ ନର୍ଲା ପୋଲିସ ଚୈତନ୍ୟ ପାତ୍ର ୬୪ ପିତା -ରାମ ସିଂ ପାତ୍ର, ଧନୁ ପାତ୍ର ୪୦, ଅନିଲ ପାତ୍ର ୨୧ ପିତା ଚୈତନ୍ୟ ପାତ୍ର ମୁଣ୍ଡା ଗାଁ ରୁ ତିନି ଅଭିଯୁକ୍ତ ଙ୍କୁ ଗିରଫ କରି ଥାନାରେ ଅଟକ ରଖିଥିଲା ବୁଧବାର କେଶ୍ ନମ୍ବର - ୨୧୦/୧୦/୦୯/୨୦୨୪ ୧୧୫(୨)୧୦୯(୨)୩(୫) (ବି ଏନ୍ ଏସ୍)ମାମଲାରେ ଏକ ମାମଲା ରୁଜୁ କରି ଆଜି ଅପରାହ୍ନ ଦୁଇ ଘଣ୍ଟା ସମୟରେ ତିନି ଅଭିଯୁକ୍ତ କୁ କୋର୍ଟ ଚାଲାଣ କରିଥିବା ପୋଲିସ ପକ୍ଷରୁ ସୂଚନା ମିଳିଛି ।

## ପୂର୍ବ ଶତ୍ରୁତାକୁ କେନ୍ଦ୍ର କରି ଯୁବକଙ୍କୁ ଖଣ୍ଡାରେ ଆକ୍ରମଣ

ଅନୁଗୋଳ,(ପି.ଏନ):ଅନୁଗୋଳ ଜିଲ୍ଲା ଜରପଡା ଥାନା ଅନ୍ତର୍ଗତ ଜରଡା ଗ୍ରାମରେ ପୂର୍ବ ଶତ୍ରୁତାକୁ କେନ୍ଦ୍ର କରି ଯୁବକଙ୍କୁ ଖଣ୍ଡାରେ ଆକ୍ରମଣ କରା ଯାଇଛି । ପରିବାର ଲୋକଙ୍କ ଠାରୁ ମିଳିଥିବା ଖବର ଅନୁସାରେ ଜରଡା ଗ୍ରାମର ଭିମ ବେହେରାଙ୍କ ପୁଅ ବାପି ବେହେରା (୨୬)ଙ୍କ ସହ ଗତ କାଲି ସନ୍ଧ୍ୟା ସମୟରେ କିଛି ଯୁବକ ଆସି ଝଗଡ଼ା କରିବା ସହ ମାଡ ମାରିଥିଲେ । ଯାହା ଫଳରେ ଜରପଡ଼ା ଥାନାରେ ବାପିଙ୍କ ପରିବାର ପକ୍ଷରୁ ଅଭିଯୋଗ କରିଥିଲେ । ସେହି ଯୁବକ ମାନେ ବାପିଙ୍କ ପରିବାର ଲୋକଙ୍କୁ ଅଭିଯୋଗ ନ ଉଠାଇଲେ ହାଣି ଦେବୁ ବୋଲି ଧମକ ଦେଇଥିଲେ । ଆଜି ସକାଳ ୧୦ ଘଟିକା ବେଳେ ବାପି ଘରେ ଥିବା ଅବସ୍ଥାରେ ସେହି ଯୁବକଙ୍କ ମାନେ ବାଇକରେ ଆସି ବାପିଙ୍କୁ ଗୋଡାଇ ଗୋଡାଇ ହାଣି ଥିଲେ । ଯାହା ଫଳରେ ବାପି ଗୁରୁତର ହୋଇ ଯାଇଥିଲେ । ପରିବାର ଲୋକ ଆମ୍ବୁଲାନ୍ସ ଯୋଗ ବାପିଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରିଥିଲେ । ବାପିଙ୍କର ଗୋଡ, ଅଣ୍ଟା ମୁଣ୍ଡ ରେ ଗଭୀର ଆଘାତ ଲାଗିଛି । ବାପିଙ୍କ ଅବସ୍ଥା ସଂକଟାପନ୍ନ ହେବାରୁ ତାଙ୍କୁ କଟକ ସ୍ଥାନାନ୍ତର କରାଯାଇଛି ।

## ଜୈନ ତେରପନ୍ଥ ସମାଜର ଆଠ ଦିନ ଧରି ଚାଲିଥିବା ପର୍ଯ୍ୟୁସନ (କ୍ଷମା ଏବଂ ତ୍ୟାଗ ) ମହୋତ୍ସବ ଭଗବତୀ ସମ୍ବତ୍ସରୀ ସହିତ ସମାପ୍ତ ହେଲା

ଭୁବନେଶ୍ୱର,(ପି.ଏନ): ଜୈନ ଶ୍ୱେତାମ୍ବର ତେରପନ୍ଥ ସମ୍ପ୍ରଦାୟର ଏକ ମହାନ ପର୍ବ ଭାବରେ ପାଳନ କରାଯାଉଥିବା ପର୍ଯ୍ୟୁସନ ପର୍ବ ସମାପ୍ତ ହୋଇଛି । ରବିବାର ଦିନ ଭଗବତୀ ସମ୍ବତ୍ସରୀ ଏବଂ ସୋମବାର କ୍ଷମା ଦିବସ ପାଳନ କରି ପର୍ଯ୍ୟୁସନ ପର୍ବ ଶେଷ ହୋଇଛି । ଏହି ମହାନ ପର୍ବରେ ପ୍ରତିଦିନ ସ୍ୱତନ୍ତ୍ର ଦିବସ ଆୟୋଜନ କରାଯାଇଥିଲା । ଜୈନ ପର୍ଯ୍ୟୁସନ ମହୋତ୍ସବର ପ୍ରଥମ ଦିନ ହେଉଛି 'ଖାଦ୍ୟ ନିୟନ୍ତ୍ରଣ ଦିବସ', ଦ୍ୱିତୀୟ ଦିନ ହେଉଛି ' ସ୍ୱାଧ୍ୟାୟ ଦିବସ', ତୃତୀୟ ଦିନ 'ସମାୟିକ ଦିବସ', ଚତୁର୍ଥ ଦିନ ହେଉଛି 'ବାଣୀ ନିୟନ୍ତ୍ରଣ ଦିବସ', ପଞ୍ଚମ ଦିନ ହେଉଛି ' ଅଣୁବ୍ରତ ଚେତନା ଦିବସ, ଷଷ୍ଠ ଦିନ ହେଉଛି 'ଜପ ଦିବସ', ସପ୍ତମ ଦିନ 'ଧ୍ୟାନ ଦିବସ' ଭାବରେ ପାଳନ କରାଯାଇଥିଲା । ପର୍ଯ୍ୟୁସନ ପର୍ବର ଶେଷ ଦିନକୁ ଭଗବତୀ ସମ୍ବତ୍ସରୀ ଏବଂ କ୍ଷମା ଦିବସ ଭାବରେ ପାଳନ କରାଯାଏ । ସୋମବାର କ୍ଷମା ଦିବସ ପାଳନ କରି ସମସ୍ତେ ବିଗତ ବର୍ଷର ଭୁଲ ପାଇଁ କ୍ଷମା ପ୍ରାର୍ଥନା କରନ୍ତି । ଯେଉଁଥିରେ ବିଗତ ବର୍ଷ ରେ ଯଦି ଆପଣ ଙ୍କ ଦ୍ୱାରା ବ୍ୟକ୍ତିଗତ ଭାବରେ ଜାଣି ନ ଜାଣି , ବାର୍ତ୍ତାଳାପ ମାଧ୍ୟମରେ , ହାସ୍ୟରସ , ମୁହାଁମୁହିଁ କିମ୍ବା ଫୋନ୍ ମାଧ୍ୟମ ରେ ଯଦି ଆପଣ କାହାକୁ ଆଘାତ ଦେଇଛନ୍ତି , କିଛି ଭୁଲ୍ କରିଛନ୍ତି କିମ୍ବା ଭୁଲ୍ ଅନୁଭବ କରୁଛନ୍ତି , ତେବେ ମୁଣ୍ଡ ନୁଆଁଇ ଦୁଇ ହାତ ଯୋଡ଼ି ବାରମ୍ବାର କ୍ଷମା ପ୍ରାର୍ଥନା କରନ୍ତି । ସୋମବାର ଦିନ ସୁଭାଷ ଜୈନ ଙ୍କ ଘରେ ନବରଙ୍ଗପୁରର ଜୈନ ସମାଜ ଏକତ୍ରିତ ହୋଇ ଅତ୍ୟଧିକ ଉତ୍ସାହର ସହିତ କ୍ଷମା ପର୍ବ ପାଳନ କରିଥିଲେ । ନବରଙ୍ଗପୁର ଜୈନ ତେରପନ୍ଥ ସଭା ର ସଭାପତି ବିକ୍ରମ ଜୈନ ସମସ୍ତଙ୍କୁ ଶୁଭେଚ୍ଛା ସହ ସ୍ୱାଗତ କରି କ୍ଷମା ପ୍ରାର୍ଥନା କରିଥିଲେ । ନବରଙ୍ଗପୁର ତେରପନ୍ଥ ମହିଳା ମଣ୍ଡଳର ସଭାପତି ବବି ଜୈନ ଏବଂ ମନ୍ତ୍ରୀ ରେନା ଜୈନ ସମସ୍ତଙ୍କୁ କ୍ଷମା ପ୍ରାର୍ଥନା କରି କହିଛନ୍ତି ଯେ ଶ୍ରମଣି ମାଲୟପ୍ରଜ୍ଞା ଜୀଙ୍କ ଉତ୍ସାହରେ ଏହି ଆଠ ଦିନ ଧର୍ମ ଧ୍ୟାନ ଅତି ଯତ୍ନ ସହକାରେ ପାର ହୋଇଯାଇଥିଲା , ଯେଉଁଥିରେ ଜ୍ଞାନଶାଳା ର ଛୋଟ ପିଲାମାନେ ମଧ୍ୟ ସମ୍ପୂର୍ଣ୍ଣ ଲାଭ ନେଇଥିଲେ । ଭଗବତୀ ସମ୍ବତ୍ସରୀ ର ଶୁଭ ଅବସରରେ ଜ୍ଞାନଶାଳା ର ପିଲାମାନେ ଚାରୋଟି ଏକାସନା , ସାତୋଟି ଉପବାସ , ଗୋଟିଏ ପୋଶଦ ଏବଂ ଜୈନ ସମାଜ ର ପ୍ରାୟ ସମସ୍ତେ ଉପବାସ କରିଥିଲେ । ଛୋଟ ଛୋଟ ଅନୁତାପ ଏବଂ ବଳିଦାନ ସହିତ ଏହି ପର୍ଯ୍ୟୁସନ ପର୍ବ ରେ ପଞ୍ଚରଙ୍ଗି ସମାୟିକ , ନବରଙ୍ଗୀ ମୌନ , ପଞ୍ଚରଙ୍ଗି ଦ୍ରବ୍ୟ ଆଦି ସାଧନା କରିଥିଲେ । ଏସବୁ ମଧ୍ୟରେ ଦମ୍ପତି ଗରିମା ଭଉଣୀ ଏବଂ ସଞ୍ଜୟ ଭାଇ ଦିର୍ଘ ଦୁଇ ମାସ ଧରି ଗୋଟିଏ ଦିନ ଖାଦ୍ୟ ଖାଇ ପର ଦିନ ଉପବାସ କରି ଅନ୍ୟତମ ସାଧନା ର ଲାଭ ନେଉଛନ୍ତି ।

## ସମ୍ବଲପୁରରେ 'ସିଏମ-କିଷାନ ଯୋଜନା' ଓ କୃଷିଭିତ୍ତିକ କାର୍ଯ୍ୟକ୍ରମର ଶୁଭାରମ୍ଭ



ସମ୍ବଲପୁର, (ପି.ଏନ): ଓଡ଼ିଶାରେ ଜନାଦେଶ ସ୍ୱୀକୃତି ପାଇଥିବା ବିଜେପି ସରକାରର ବହୁତ କମ ସମୟ ମଧ୍ୟରେ ଅନେକ କଲ୍ୟାଣକାରୀ ଯୋଜନାକୁ କାର୍ଯ୍ୟକାରୀ କରୁଛି । ଗରିବ, ଚାଷୀ, ମହିଳା, ଯୁବକ, ପଛୁଆ ବର୍ଗ ତଥା ସବୁ ବର୍ଗର ଉନ୍ନତି ଡବଲ ଇଞ୍ଜିନ ସରକାରର ପ୍ରତିବଦ୍ଧତାରେ ରହିଛି ବୋଲି ରବିବାର ସମ୍ବଲପୁର ଠାରେ ନୂଆଁଖାଇ ଅବସରରେ ମୁଖ୍ୟମନ୍ତ୍ରୀ ମୋହନଚରଣ ମାଝୀଙ୍କ କରକମଳରେ ସିଏମ-କିଷାନ ଯୋଜନା ଏବଂ କୃଷିଭିତ୍ତିକ କାର୍ଯ୍ୟକ୍ରମର ଶୁଭାରମ୍ଭ ଅବସରରେ କହିଛନ୍ତି କେନ୍ଦ୍ର ଶିକ୍ଷା ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ । ଶ୍ରୀ ପ୍ରଧା 'ନୂଆଁଖାଇ'ର ପବିତ୍ର ଅବସରରେ କୃଷକଙ୍କ ଉଦ୍ଦେଶ୍ୟରେ ଆରମ୍ଭ ହୋଇଥିବା କଲ୍ୟାଣକାରୀ ଯୋଜନା ପାଇଁ ମୁଖ୍ୟମନ୍ତ୍ରୀଙ୍କୁ ଧନ୍ୟବାଦ ଜଣାଇବା ସହ କହିଛନ୍ତି ଯେ ସିଏମ- କିଷାନ ଯୋଜନାରେ ଆଜି ରାଜ୍ୟର ପ୍ରାୟ ୪୬ ଲକ୍ଷ ଚାଷୀଙ୍କୁ ପ୍ରଥମ କିସ୍ତି ଆକାରରେ ଡିବିଟି ମାଧ୍ୟମରେ ୨୦୨୪-୨୫ ରବି ଫସଲ ଋତୁ ପାଇଁ ୯୨୫ କୋଟିରୁ ଅଧିକ ଟଙ୍କା ପ୍ରଦାନ କରାଯାଇଛି । ସମୃଦ୍ଧ କୃଷକ ଯୋଜନା ସହିତ ଧାନର ଏମଏସପି କ୍ୱିଣ୍ଟାଲ ପିଛା ୩୧୦୦ ଟଙ୍କା ବୃଦ୍ଧି ଏକ ଯୁଗାନ୍ତକାରୀ ନିଷ୍ପତି । ସେହିପରି ଏହି ସରକାରରେ ହୀରାକୁଦ ଡ୍ୟାମ୍ ପ୍ରକଳ୍ପ ପଦ୍ଧତିର ନବୀକରଣ ଯୋଜନାକୁ କ୍ୟାବିନେଟ ଅନୁମୋଦନ ଦିଆଯାଇଛି । ଏହି ଯୋଜନା ପାଇଁ ୨୦୨୪-୨୫ ରୁ ୨୦୨୭-୨୮ ମଧ୍ୟରେ ପ୍ରାୟ ୯୦୦ କୋଟି ଟଙ୍କା ଖର୍ଚ୍ଚ କରାଯିବ । ସେହିପରି ଜଳସେଚନ ପାଇଁ ବ୍ୟବସ୍ଥା ସହ ସୁଭଦ୍ରା ଯୋଜନା ଭଳି କଲ୍ୟାଣକାରୀ କାର୍ଯ୍ୟକ୍ରମ ଡବଲ ଇଞ୍ଜିନ ସରକାରର ପ୍ରତିଫଳନ । ସେ କହିଛନ୍ତି ଯେ ଓଡ଼ିଶାରେ ଓଡ଼ିଆ ଅସ୍ମିତା ଓ ସ୍ୱାଭିମାନର ବିଜୟ ହୋଇଛି । ବିଜେପି ସରକାରରେ ସମ୍ବଲପୁର, ବଲାଙ୍ଗୀର ସମେତ ସବୁଠୁ ଶାସନ ଚାଲିବ । ଆମ ସରକାରର ପ୍ରାଥମିକତାରେ ରାଜ୍ୟର ଗରିବ, ଚାଷୀ, ଅନୁସୂଚିତ ଜାତି, ଅନୁସୂଚିତ ଜନଜାତି, ବଞ୍ଚିତ ଓ ରାଜ୍ୟର ମହିଳାମାନେ ଅଛନ୍ତି । ସୁଭଦ୍ରା ଯୋଜନାକୁ ନେଇ ବହୁତ ଉତ୍ସାହ ଦେଖାଯାଇଛି । ସୁଭଦ୍ରା ଯୋଜନାରେ ସୁଭଦ୍ରା ଯୋଜନାରେ ପ୍ରତ୍ୟେକ ମହିଳା ହିତାଧିକାରୀଙ୍କୁ ବାର୍ଷିକ ୧୦,୦୦୦ ଟଙ୍କା ମିଳିବ । ଏହିପରି ମୋଟ ୫ ବର୍ଷରେ ହିତାଧିକାରୀଙ୍କୁ ମୋଟ ୫୦,୦୦୦ ଟଙ୍କା ପ୍ରଦାନ କରାଯିବ । ୨୧ ବର୍ଷରୁ ଉର୍ଦ୍ଧ୍ୱ ଏବଂ ୬୦ ବର୍ଷରୁ କମ୍ ବୟସର ସମସ୍ତ ଯୋଗ୍ୟ ହିତାଧିକାରୀ ସୁଭଦ୍ରା ଯୋଜନାର ଲାଭ ପାଇବେ । ପ୍ରାୟ ୧ କୋଟିରୁ ଅଧିକ ମା ଭଉଣୀ ଏହି ଯୋଜନା ଦ୍ୱାରା ଉପକୃତ ହେବେ । ଅର୍ଥନୀତିଜ୍ଞମାନଙ୍କ ମତରେ, ସରକାର ଯଦି ମୁଣ୍ଡ ପିଛା ଟଙ୍କାଟିଏ ଖର୍ଚ୍ଚ କରନ୍ତି, ଅର୍ଥନୀତି ୪.୮ ଗୁଣା (ପାଖାପାଖି ୫ ଗୁଣା) ପ୍ରଭାବଶାଳୀ ସାବ୍ୟସ୍ତ ହୋଇଥାଏ । ଏହାକୁ 'ମଲ୍ଟିପ୍ଲାୟର୍ ଇଫେକ୍ଟ' ବୋଲି କୁହାଯାଇଥାଏ । ଓଡ଼ିଶାର ମହିଳାଙ୍କୁ ସୁଭଦ୍ରା ଯୋଜନାରେ ଜଣ ପିଛା ମିଳିଥିବାକୁ ଥିବା ବାର୍ଷିକ ୧୦,୦୦୦ ଟଙ୍କା, ଆମ ଅର୍ଥନୀତିକୁ ବାର୍ଷିକ ପ୍ରାୟ ୫୦,୦୦୦ ଟଙ୍କାର ଲାଭ ପ୍ରଦାନ କରିବ । ୫ ବର୍ଷରେ ରାଜ୍ୟ ସରକାର ଏଥିପାଇଁ ବହନ କରିବାକୁ ଯାଉଥିବା ମୋଟ ୫୫,୮୨୫ କୋଟି ଟଙ୍କା, ଓଡ଼ିଶାର ଅର୍ଥନୀତିକୁ ପ୍ରାୟ ୨.୫ ଲକ୍ଷ କୋଟି ଟଙ୍କାର ଲାଭ ପ୍ରଦାନ କରିବ । ଗ୍ରାମାଞ୍ଚଳ ଅର୍ଥନୀତି ସହ ରାଜ୍ୟର ଅର୍ଥନୀତିକୁ ସୁଦୃଢ କରିବା ଦିଗରେ ସୁଭଦ୍ରା ଯୋଜନା ବଡ ପଦକ୍ଷେପ । ଅପରପକ୍ଷରେ ଯେଉଁମାନେ ବରଗଡ ସୋହେଲାରେ ଧାନ ଉପରେ ୧୦୦ ଟଙ୍କା ଅତିରିକ୍ତ ବୋନସ ଦେବା କହି ପ୍ରତିଶ୍ରୁତି ପୂରଣ କରିନଥିଲେ, ରାଜ୍ୟର ରାଜସ୍ୱ ହେଲିକପ୍ଟରରେ ବୁଲି ଖର୍ଚ୍ଚ କରୁଥିଲେ, ସେମାନଙ୍କ ମନରେ ବିଜେପି ସରକାର ଅବିଳମ୍ବେ ଧାନର ଏମଏସପି ୩୧୦୦ ଟଙ୍କା ବୃଦ୍ଧି କରିବା ନିଷ୍ପତି କଷ୍ଟ ଦେଇଛି । ସୁଭଦ୍ରା ଯୋଜନାକୁ ନେଇ ବିରୋଧୀମାନେ ଇର୍ଷାନ୍ୱିତ ହୋଇଛନ୍ତି । ଗରିବ ଓ ଚାଷୀଙ୍କ ମୁହଁରେ ହସ ଫୁଟାଇବା ସହ ସେମାନଙ୍କ ମଧ୍ୟରେ ଆତ୍ମବିଶ୍ୱାସ ତିଆରି କରିବା ଏବଂ ମା' ଭଉଣୀଙ୍କ ସମ୍ମାନ ବଢାଇ ସେମାନଙ୍କୁ ସଶକ୍ତ କରିବା ମୋଦୀ ସରକାରଙ୍କ ପ୍ରତିବଦ୍ଧତା । ଏହିପରି ଭାବରେ ଡବଲ ଇଞ୍ଜିନର ସରକାର କାମ କରିବ ବୋଲି କେନ୍ଦ୍ରମନ୍ତ୍ରୀ କହିଛନ୍ତି ।

ଏହି କାର୍ଯ୍ୟକ୍ରମରେ ଭିଡିଓ କନଫରେନ୍ସି ଜରିଆରେ ଉପମୁଖ୍ୟମନ୍ତ୍ରୀ କେ.ଭି ସିଂହଦେଓ, ପ୍ରଭାତି ପରିଡା, ଓଡ଼ିଶାର ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ, ଗ୍ରାମୀଣ ବିକାଶ, ପଞ୍ଚାୟତିରାଜ ଓ ପାନୀୟ ଜଳ ମନ୍ତ୍ରୀ ରବି ନାରାୟଣ ନାୟକ, ସମ୍ବଲପୁର ବିଧାୟକ ଜୟ ନାରାୟଣ ମିଶ୍ର ପ୍ରମୁଖ ଉପସ୍ଥିତ ଥିଲେ ।

ADMISSION OPEN
MAHARISHI PLAY SCHOOL
A Great Place to Grow @ mps
PLAY GROUP (2+)
NURSERY (3+)
LKG, UKG, STD-I TO V
25% reservation as per RTE Act (2009)

FIND THE DIFFERENCE
●Surveillance through CCTV Camera ●Small Classes ●Congenial Environment ●Intimate, Safe & Secured Place ●Experienced & loving teachers ●Individual attention to each child ●Spacious Playground ●AC Activity Room ●Transport Facilities
TUITION CLASSES
for Std I to Std V
Timing: 5 PM to 6.30 PM
MAHARISHI PUBLIC SCHOOL
N4-F/24, IRC Village, Nayapalli,
Bhubaneswar, Phone: 0674-2558884,2550786
E-mail: maharishipublic13@gmail.com
25% Seats reserved in Std. 1 under RTE Act

Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751<0 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com
ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray